୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.68 Bhubaneswar Thursday April 18 2024 | ୨୬ତମ ବର୍ଷ ସଂଖ୍ୟା-୬୮ ଭୁବନେଶ୍ୱର, ଗୁରୁବାର, ଅପ୍ରେଲ ୧୮, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ପଶ୍ଚିମଓଡିଶାରୁ ପୁଣି କାହିଁକି ପ୍ରାର୍ଥୀ ହେଲେ ନବୀନ : କ'ଣ ରହିଛି ବିଜେଡିର ରଣନୀତି, ସମ୍ଭାବ୍ୟ ୭ କାରଣ



ଭୁବନେଶ୍ୱର,୧୭।୪(ପି.ଏନ): ପଶ୍ଚିମ ଓ ଦକ୍ଷିଣ ଓଡିଶାରେ ଭୁଷୁଡୁଥିବା ନିଜର ଗଡକୁ ବଂଚାଇବା ପାଇଁ ବିଜେଡି ପୁଣିଥରେ ଦଳୀୟ ସୁପ୍ରିମୋ ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଚଳିତ ନିର୍ବାଚନରେ ପଶ୍ଚିମଓଡିଶାରୁ ପ୍ରାର୍ଥୀ କରିଛି । ୨୦୧୯ ସାଧାରଣ ନିର୍ବାଚନ ଭଳି ନବୀନ ନିଜର ପାରମ୍ପରିକ ହିଞ୍ଜଳି ଆସନ ସହ ବିଜେପୁର ବଦଳରେ କଣ୍ଟାବାଞ୍ଜିରୁ ପ୍ରାର୍ଥୀ ହେବେ । ତେବେ ବଲାଙ୍ଗୀର ସଂସଦୀୟ କ୍ଷେତ୍ରର ଏହି ଆସନରୁ ନବୀନଙ୍କୁ ଲ ?ାଇବା ପାଇଁ ବିଜେଡି କାହିଁକି ନିଷ୍ପତ୍ତି ନେଲା, କ'ଣ ରହିଛି ଦଳର ରଣନୀତି ତାକୁ ନେଇ ନାନାଦି ଚର୍ଚ୍ଚା ଆରମ୍ଭ ହୋଇଛି । ଯଦିଓ ୨୦୧୯ ନିର୍ବାଚନରେ ନବୀନ ବିଜେପୁରରୁ ଲ ?ିଥିଲେ ମଧ୍ୟ ବିଜେଡିକୁ ବିଶେଷ ଫାଇଦା ମିଳିନଥିଲା, ଓଲଟା ପଶ୍ଚିମଓଡିଶାର ସମସ୍ତ ୫ଟି ଯାକ ଲୋକସଭା ଆସନ ବିଜେପି ଖାତାକୁ ଚାଲିଯାଇଥିଲା । ସୂଚନା ଅନୁସାରେ, ଗତ ସାଧାରଣ ନିର୍ବାଚନରେ ପଶ୍ଚିମ ଓଡିଶାର ଭୋଟର ନୂଆ ଢଙ୍ଗରେ ଭୋଟ ବିଭାଜନ କରି ସମସ୍ତ ୫ଟି ଲୋକସଭା ଆସନକୁ ବିଜେପି ହାତକୁ ଟେକି ଦେଇଥିଲେ । ନବୀନ ନିଜେ ବରଗଡ ସଂସଦୀୟ କ୍ଷେତ୍ରର ବିଜେପୁର ଆସନରୁ ପ୍ରାର୍ଥୀ ହୋଇଥିଲେ ସେହି ଲୋକସଭା ଆସନରୁ ପ୍ରତିଦ୍ୱନ୍ଦ୍ୱିତା କରିଥିବା ଦଳର ବରିଷ୍ଠ ଉପସଭାପତି ପ୍ରସନ୍ନ ଆଚାର୍ଯ୍ୟଙ୍କୁ ଜିତାଇବାରେ ସକ୍ଷମ ହୋଇପାରିନଥିଲେ । ପଶ୍ଚିମଓଡିଶାର ଭୋଟରମାନେ ସୁନ୍ଦରଗଡ ସମେତ ବରଗଡ, ସମ୍ବଲପୁର,କଳାହାଣ୍ଡି ଓ ବଲାଙ୍ଗୀର ଲୋକସଭା ଆସନରେ ବିଜେଡି ପ୍ରାର୍ଥୀଙ୍କୁ ପ୍ରତ୍ୟାଖ୍ୟାନ କରିଥିଲେ । ଭୋଟରଙ୍କ ଏଭଳି ଭୋଟ ବିଭାଜନର ଫାଇଦା ମଧ୍ୟ ବିଜେପିକୁ ଭୁବନେଶ୍ୱର ଓ ବାଲେଶ୍ୱର ଆସନରେ ମିଳିଥିଲା ତଥା ଦଳ ଏହି ଦୁଇ ଲୋକସଭା ଆସନକୁ ମଧ୍ୟ ଜିତିଥିଲା । ବିଜେପି ମୋଟ ୨୧ରୁ ୮ଟି ଲୋକସଭା ଆସନ ହାତେଇଥିଲା । ତେବେ ୨୦୧୯ ସାଧାରଣ ନିର୍ବାଚନରେ ବିଜେପିକୁ ପଶ୍ଚିମଓଡିଶାର ସବୁ ଲୋକସଭା ଆସନକୁ ଜିତିବାର ଯେଭଳି ଏକତରଫା ସଫଳତା ମିଳିଥିଲା, ଅନୁରୂପ ସଫଳତା ବିଧାନସଭା ଆସନରେ ମିଳିପାରିନଥିଲା । ୨୦୧୪ରେ ବିଜେପି ମୋଟ ୧୦ରୁ ୮ଟି ଆସନ ପଶ୍ଚିମଓଡିଶାରୁ ଜିତିଥିବାବେଳେ ୨୦୧୯ରେ ବି ଅନୁରୂପ ଭାବେ ଏହି ଅଂଚଳରୁ ୮ଟି ଆସନ ଜିତିବାରେ ସକ୍ଷମ ହୋଇଥିଲା । ପଶ୍ଚିମଓଡିଶାର ୯ଟି ଜିଲ୍ଲା ଅଧୀନରେ ୫ ସଂସଦୀୟ କ୍ଷେତ୍ର ଓ ୩୩ଟି ବିଧାନସଭା ରହିଛି । ୨୦୧୯ରେ ଏଥିରୁ ବିଜେଡିକୁ ୨୦ଟି,ବିଜେପିକୁ ୮ଟି, କଂଗ୍ରେସକୁ ୪ଟି ଓ ସିପିଏମକୁ ଗୋଟିଏ ଆସନ ମିଳିଥିଲା ।ତେବେ ୨୦୧୯ରେ ବିଜେଡି ପାଇଁ ସର୍ବାଧିକ ବିପର୍ଯ୍ୟୟ ସୁନ୍ଦରଗଡ ସଂସଦୀୟ କ୍ଷେତ୍ର ଅନ୍ତର୍ଗତ ବିଧାନସଭା ଆସନରେ ହୋଇଥିଲେ ମଧ୍ୟ ଦଳ ଏଥର ବଲାଙ୍ଗୀର ସଂସଦୀୟ କ୍ଷେତ୍ର ଉପରେ ଫୋକସ କରିଛି । ସୋନପୁର ଜିଲ୍ଲାର ୨ଟି ଓ ବଲାଙ୍ଗୀର ଜିଲ୍ଲାର ୫ଟି ଆସନକୁ ମିଶାଇ ବଲାଙ୍ଗୀର ସଂସଦୀୟ କ୍ଷେତ୍ର ଗଠିତ । ବଲାଙ୍ଗୀରର ୫ଟିରୁ ୨ଟି କଂଗ୍ରେସ ଓ ଗୋଟିଏ ବିଜେପି ପାଖକୁ ଯାଇଥିଲା । ବିଜେଡି ସେଠାରେ ଭଙ୍ଗାଗା ରାଜନୀତି କରିବାକୁ ପ୍ରୟାସ କରି ଫେଲ୍ ମାରିବା ପରେ ନିଜର ଟ୍ରମ୍ପ କାର୍ଡ ନବୀନ ପଟ୍ଟନାୟକଙ୍କୁ ମଇଦାନକୁ ଓହ୍ଲାଇଛି ।

## ପଶ୍ଚିମଓଡିଶାକୁ ବାରମ୍ବାର ଧୋକା ଦେଇଛନ୍ତି ନବୀନ : ବିରୋଧୀ

ଭୁବନେଶ୍ୱର,୧୭।୪(ପି.ଏନ): ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ କଣ୍ଟାବାଞ୍ଜିରୁ ନିର୍ବାଚନ ଲଢ଼ିବେ ବୋଲି ଘୋଷଣା ହେବାପରେ ବିରୋଧୀ ଦଳ କଡା ସମାଲୋଚନା କରିଛନ୍ତି । ନବୀନ ଆତ୍ମବିଶ୍ୱାସ ହରାଇସାରିଛନ୍ତି । ପଶ୍ଚିମଓଡିଶାବାସୀଙ୍କୁ ବାରମ୍ବାର ଧୋକା ଦେଇ ଏବେ ପୁଣିଥରେ ଧୋକା ଦେବାକୁ ପ୍ରୟାସ କରୁଛନ୍ତି । ଲୋକେ ତାଙ୍କୁ ଉଚିତ୍ ଜବାବ ଦେବେ ବୋଲି ଉଭୟ ବିଜେପି ଓ କଂଗ୍ରେସ କହିଛି ।କଂଗ୍ରେସର ବରିଷ୍ଠ ନେତା ନରସିଂହ ମିଶ୍ର ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ କହିଛନ୍ତି ଯେ, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବାରମ୍ବାର ପଶ୍ଚିମଓଡିଶା ପ୍ରତି ବୈମାତୃକ ମନୋଭାବ ପୋଷଣ କରିଛନ୍ତି ।



କଣ୍ଟାବାଞ୍ଜି ଜିତିଲା ପରେ ସେ ଏହି ଆସନ ଛାଡିଦେବେ ବୋଲି ଜଣାପଡୁଛି । ପୂର୍ବରୁ ବିଜେପୁରକୁ ଜିତି ସେହି ଆସନକୁ ଛାଡିଦେଇଥିଲେ । ତେଣୁ ଲୋକେ ଏଥର ତାଙ୍କୁ ସ୍ଥାନୀୟ ଲୋକେ ଉଚିତ୍ ଜବାବ ଦେବେ।

## ସୂର୍ଯ୍ୟଙ୍କ ଅଭେଦ୍ୟ ଗଡରେ ପଦ୍ମ ଫୁଟାଇ ପାରିବେ କି ସିଦ୍ଧାନ୍ତ ?

ଭୁବନେଶ୍ୱର,୧୭।୪(ପି.ଏନ): ରାଜ୍ୟ ରାଜନୀତିରେ ଆନ୍ନା ଭାବେ ପରିଚିତ ଥିଲେ ସୂର୍ଯ୍ୟନାରାୟଣ ପାତ୍ର। ତାଙ୍କ ଦେହାନ୍ତ ପରେ ତାଙ୍କର ଅଭେଦ୍ୟ ଗଡରେ ଭାଗ୍ୟ ପରୀକ୍ଷା ଦେଉଛନ୍ତି ପୁଅ ବିପ୍ଲବ ପାତ୍ର। ଆଉ ତାଙ୍କୁ କଡା ଟକ୍କର ଦେଉଛନ୍ତି ଚଳଚ୍ଚିତ୍ର ଦୁନିଆରୁ ରାଜନୀତିକୁ ଏଣ୍ଟ୍ରି ମାରିଥିବା ପୂର୍ବତନ ସାଂସଦ ସିଦ୍ଧାନ୍ତ ମହାପାତ୍ର। ଏଥିରୁ ଜଣାପଡୁଛି ଏଥର ସୂର୍ଯ୍ୟଙ୍କ ଅଭେଦ୍ୟ ଗଡରେ ଶଙ୍ଖ ଫୁଙ୍କିବା ବିପ୍ଲବଙ୍କ ପାଇଁ



ଏତେ ସହଜ ହେବନାହିଁ।ବ୍ରହ୍ମପୁର ଲୋକସଭା ନିର୍ବାଚନ ମଣ୍ଡଳୀରେ ଆସୁଛି ଦିଗପହଣ୍ଡି। ୨୦୦୯ ମସିହାରେ ପୁନର୍ଗଠନ ହୋଇ ଦିଗପହଣ୍ଡି ନିର୍ବାଚନ ମଣ୍ଡଳୀ ଗଠନ ହୋଇଥିଲା। ଦିଗପହଣ୍ଡି ବ୍ଲକ୍, ଦିଗପହଣ୍ଡି ପୌର ପରିଷଦ ଓ କୁକୁଡାଖଣ୍ଡି ବ୍ଲକ୍ ନେଇ ଏହି ନିର୍ବାଚନ ମଣ୍ଡଳୀ ଗଠନ ହୋଇଥିଲା। ଏହି ନିର୍ବାଚନ ମଣ୍ଡଳୀକୁ ବିଜେଡି ନିଜ କବ୍ଜାରେ ରଖିଛି। ଗଞ୍ଜାମ ରାଜନୀତିରେ ଆନ୍ନା ଭାବେ ପରିଚିତ ଭେଟରାନ୍ ସୂର୍ଯ୍ୟନାରାୟଣ ପାତ୍ର ଏଠାରୁ ଲଗାତାର ୩ ଥର ନିର୍ବାଚିତ ହୋଇଛନ୍ତି।


### ସମୁଦ୍ର କୂଳରୁ ଜଣେ ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର, ଦେହରେ ରହିଛି ଅନେକ କ୍ଷତ ଚିହ୍ନ


କୋଣାର୍କ,୧୭।୪(ପି.ଏନ): ସମୁଦ୍ର କୂଳରୁ ଜଣେ ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର ହୋଇଛି । ଅସ୍ତରଙ୍ଗ ଥାନା ଗୁଣ୍ଡଲବା ସମୁଦ୍ର କୂଳରୁ ମୃତଦେହ ଉଦ୍ଧାର ହୋଇଥିବା ସୂଚନା। ମୃତ ବ୍ୟକ୍ତି ଜଣକ ଅସ୍ତରଙ୍ଗ ଥାନା ଆଇଁଷିଣିଆ ଗାଁର ନେଇ ସୂଚନା । ତେବେ ମୃତ ବ୍ୟକ୍ତି ଜଣକ ଗତକାଲି ସନ୍ଧ୍ୟାରୁ ନିଖୋଜ ଥିଲେ, ଦେହରେ ଅନେକ କ୍ଷତ ଚିହ୍ନ ଥିବା ସୂଚନା । ଏନେଇ ଖବର ପାଇ ଅସ୍ତରଙ୍ଗ ଥାନା ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି ।

### ଭୋଟିଂ ବେଳେ ବେଙ୍ଗଲ ରାଜ୍ୟପାଳଙ୍କୁ କୁଚ୍‌ବିହାର ମନା

ଭୁବନେଶ୍ୱର,୧୭।୪(ପି.ଏନ): ପଶ୍ଚିମବଙ୍ଗ ରାଜ୍ୟପାଳ ସିଭି ଆନନ୍ଦ ବୋସ୍‌ଙ୍କୁ କୁଚ୍‌ବିହାର ଯିବାକୁ ମନା କରିଛନ୍ତି ନିର୍ବାଚନ କମିଶନ। ଭୋଟିଂ ବେଳେ ଏଠାକୁ ନ ଯିବାକୁ ନିର୍ବାଚନ କମିଶନ ତାଙ୍କୁ ପରାମର୍ଶ ଦେଇଛନ୍ତି। ଆସନ୍ତା ଏପ୍ରିଲ ୧୮ ଓ ୧୯ ତାରିଖ ଦିନ କୁଚ୍‌ବିହାର ଯାତ୍ରା ନକରିବାକୁ ରାଜ୍ୟପାଳଙ୍କୁ ଇସି ପରାମର୍ଶ ଦେଇଛନ୍ତି। ଆସନ୍ତା ଏପ୍ରିଲ ୧୯ ତାରିଖରେ ପ୍ରଥମ ପର୍ଯ୍ୟାୟ ଭୋଟିଂ ହେବ। ଏହି ସମୟରେ ଯଦି ସେ କୁଚ୍‌ବିହାର ଯାତ୍ରା କରନ୍ତି ତେବେ ଏହା ନିୟମ ଅନୁଯାୟୀ ଆଦର୍ଶ ଆଚରଣ ବିଧି ଉଲ୍ଲଙ୍ଘନ ହେବ। ତାଙ୍କର ଗସ୍ତ ଯୋଗୁ ନିର୍ବାଚନ ପ୍ରକ୍ରିୟାରେ ବାଧା ସୃଷ୍ଟି ହୋଇପାରେ।

## ପୂର୍ବତଟ ରେଳପଥ ପକ୍ଷରୁ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ସ୍ଥାନକୁ ୨୦ ଯୋଡ଼ା ସ୍ୱତନ୍ତ୍ର ଗ୍ରୀଷ୍ମ କାଳୀନ ଟ୍ରେନ୍ ?

ଭୁବନେଶ୍ୱର,୧୭।୪(ପି.ଏନ): ଗ୍ରୀଷ୍ମ ଋତୁରେ ଯାତ୍ରୀଭିଡକୁ ଏଡ଼ାଇବା ସହିତ ଜନସାଧାରଣଙ୍କ ଯାତ୍ରା ଆବଶ୍ୟକତାକୁ ଦୃଷ୍ଟିରେ ରଖି ପୂର୍ବତଟ ରେଳପଥ ପକ୍ଷରୁ ବିଭିନ୍ନ ଗନ୍ତବ୍ୟ ସ୍ଥଳକୁ ଆହୁରି ଅଧିକ ସ୍ୱତନ୍ତ୍ର ଟ୍ରେନର ବ୍ୟବସ୍ଥା କାରାଯାଇଛି। ଏତି ସହିତ ପୂର୍ବରୁ ଚଳାଚଳ କରୁଥିବା ସ୍ୱତନ୍ତ୍ର ଟ୍ରେନ୍? ଚଳାଚଳ ସେବା ବୃଦ୍ଧି କରିବା ପାଇଁ ନିମ୍ନଲିଖିତ ଅନୁଯାୟୀ ନିଷ୍ପତ୍ତି ନିଆଯାଇଛି। ୦୮୪୮୩/ ୦୮୪୮୪ ପୁରୀ-ଶାଳିମାର ଦ୍ୱି-ସାପ୍ତାହିକ ଗ୍ରୀଷ୍ମ କାଳୀନ ସ୍ୱତନ୍ତ୍ର ଟ୍ରେନ୍ ୨୧ ଏପ୍ରିଲରୁ ୩୦ ଜୁନ୍ ମଧ୍ୟରେ ପ୍ରତ୍ୟେକ ରବିବାର ଏବଂ ବୁଧବାର ଦିନ ପୁରୀରୁ ରାତ୍ରି ୧୧ ଘ.୫୦ ମି.ରେ ଛାଡିବାକୁ ଥିବାବେଳେ ଫେରିବା ମାର୍ଗରେ, ଶାଲିମାରରୁ ଏହି ଟ୍ରେନ୍ ୨୨ ଏପ୍ରିଲରୁ ୧ ଜୁଲାଇ ମଧ୍ୟରେ ପ୍ରତ୍ୟେକ ସୋମବାର ଏବଂ ଗୁରୁବାର ଦିନ ସନ୍ଧ୍ୟା ୭ଟା ୪୫ମିରେ ଛାଡିବ। ୦୮୪୭୫/ ୦୮୪୭୬ ପୁରୀ-ନିଜାମୁଦ୍ଦିନ-ପୁରୀ ଗ୍ରୀଷ୍ମ କାଳୀନ ସ୍ୱତନ୍ତ୍ର ଟ୍ରେନ୍ ୧୯ ଏପ୍ରିଲରୁ ୨୮ ଜୁନ୍ ମଧ୍ୟରେ ପ୍ରତ୍ୟେକ ଶୁକ୍ରବାର ଦିନ ପୁରୀରୁ ଭୋର ୪ଟା ୫୦ରେ ଛାଡିବାକୁ ଥିବାବେଳେ ଫେରିବା ମାର୍ଗରେ, ନିଜାମୁଦ୍ଦିନରୁ ଏହି ଟ୍ରେନ୍ ୨୦ ଏପ୍ରିଲରୁ ୨୯ଜୁନ୍? ମଧ୍ୟରେ ପ୍ରତ୍ୟେକ ଶନିବାର ଦିନ ରାତ୍ରି ୧୧ଟା ୩୫ରେ ଛାଡିବ। ସେହିପରି ୦୨୮୩୯/୦୨୮୪୦ ଶାଲିମାର-ମାଳତୀପାଟପୁର-ଶାଲିମାର ଗ୍ରୀଷ୍ମ କାଳୀନ ସ୍ୱତନ୍ତ୍ର ଟ୍ରେନ୍ ୧୪ ଏପ୍ରିଲରୁ ୩୦ ଜୁନ୍ ମଧ୍ୟରେ ପ୍ରତ୍ୟେକ ରବିବାର ଦିନ ରାତ୍ରି ୯ଟା ୨୫ରେ ଛାଡିବାକୁ ଥିବାବେଳେ ଫେରିବା ମାର୍ଗରେ, ଶାଲିମାରରୁ ଏହି ଟ୍ରେନ୍ ୧୫ ଏପ୍ରିଲରୁ ୧ ଜୁଲାଇ ମଧ୍ୟରେ ପ୍ରତ୍ୟେକ ସୋମବାର ଦିନ ରାତ୍ରି ୧୧ଟା ୫୦ରେ ଛାଡିବ। ସେହିପରି ୦୨୮୧୧/ ୦୨୮୧୨ ଭୁବନେଶ୍ୱର-ଯଶୋବନ୍ତପୁର-ଭୁବନେଶ୍ୱର ଗ୍ରୀଷ୍ମକାଳୀନ ସ୍ୱତନ୍ତ୍ର ଟ୍ରେନ ୧୩ ଏପ୍ରିଲରୁ ୨୫ ମଇ ମଧ୍ୟରେ ଭୁବନେଶ୍ୱରରୁ ପ୍ରତ୍ୟକ ଶନିବାର ସନ୍ଧ୍ୟା ୭ଟାରେ ଛାଡିବାକୁ ଥିବାବେଳେ ଫେରିବା ମାର୍ଗରେ ଏହି ଟ୍ରେନ ଯଶୋବନ୍ତପୁର ଠାରୁ ୧୫ ଏପ୍ରିଲରୁ ୨୭ ମଇ ମଧ୍ୟରେ ପ୍ରତ୍ୟକ ସୋମବାର ଭୋର ୫ଟାରେ ଛାଡି ଭୁବନେଶ୍ୱର ଯାତ୍ରା କରିବ। ୦୯୦୬୯/୦୯୦୭୦ ସୁରଟ-ବ୍ରହ୍ମପୁର-ସୁରଟ ଗ୍ରୀଷ୍ମ କାଳୀନ ସ୍ୱତନ୍ତ୍ର ଟ୍ରେନ୍ ୧୭ ଏପ୍ରିଲରୁ ୨୬ ଜୁନ୍ ମଧ୍ୟରେ ସୁରଟ ଠାରୁ ପ୍ରତ୍ୟେକ ବୁଧବାର ଦିନ ଅପରାହ୍ନ ୨ଟା ୨୦ ମିନିଟରେ ଛାଡିବାକୁ ଥିବାବେଳେ ଫେରିବା ମାର୍ଗରେ ଏହି ଟ୍ରେନ ବ୍ରହ୍ମପୁରରୁ ଏପ୍ରିଲ୍ ୧୯ରୁ ୨୮ ଜୁନ ମଧ୍ୟରେ ପ୍ରତ୍ୟେକ ଶୁକ୍ରବାର ଦିନ ଭୋର ୩ଟା ୩୦ରେ ଛାଡି ସୁରଟ ଯାତ୍ରା କରିବ ।ଉପରୋକ୍ତ ସ୍ୱତନ୍ତ୍ର ଟ୍ରେନ ବ୍ୟତୀତ, ଦେଶର ଗୁରୁତ୍ୱପୂର୍ଣ୍ଣ ଗନ୍ତବ୍ୟସ୍ଥଳ ମଧ୍ୟରେ ପୂର୍ବତଟ ରେଳପଥ ପରିସୀମା ମଧ୍ୟଦେଇ ୧୩ ଯୋଡ଼ା ଦୂରଗାମୀ ଗ୍ରୀଷ୍ମକାଳୀନ ସ୍ୱତନ୍ତ୍ର ଟ୍ରେନ ମଧ୍ୟ ଚଳାଚଳ କରୁଅଛି। ଏହି ଟ୍ରେନ ଗୁଡିକ ହେଉଛି ସିକନ୍ଦରାବାଦ-ଦିବ୍ରୁଗଡ-ସିକନ୍ଦରାବାଦ ସ୍ପେଶାଲ, ସିକନ୍ଦରାବାଦ-ଅଗରତାଳା-ସିକନ୍ଦରାବାଦ ସ୍ପେଶାଲ, ଚେନ୍ନାଇ-ସାନ୍ତ୍ରାଗଛି-ଚେନ୍ନାଇ ସ୍ପେଶାଲ, ନାଗେରକୋଏଲ-ଡିବ୍ରୁଗଡ-ନାଗେରକୋଏଲ ସ୍ପେଶାଲ, କୋଚୁଭେଲି-ଶାଲିମାର-କୋଚୁଭେଲି ସ୍ପେଶାଲ, ବେଙ୍ଗାଲୁରୁ-ଖଡ଼ଗପୁର-ବେଙ୍ଗାଲୁରୁ ସ୍ୱତନ୍ତ୍ର, ସାନ୍ତ୍ରାଗଛି-ସିକନ୍ଦରାବାଦ-ସାନ୍ତ୍ରାଗଛି ସ୍ୱତନ୍ତ୍ର, ସିକନ୍ଦରାବାଦ-ଶାଲିମର-ସିକନ୍ଦରାବାଦ ସ୍ୱତନ୍ତ୍ର, ବେଙ୍ଗାଲୁରୁ-ମାଲଦା ଟାଉନ-ବେଙ୍ଗାଲୁରୁ ସ୍ପେଶାଲ, ମହୀଶୂର-ମୁଜାଫରପୁର-ମହୀଶୂର ସ୍ପେଶାଲ, ନ୍ୟୁ ତିନସୁକିଆ-ବେଙ୍ଗାଲୁରୁ-ନ୍ୟୁ ତିନସୁକିଆ ସ୍ପେଶାଲ ଏବଂ ହାଓଡ଼ା-ଯଶୋବନ୍ତପୁର-ହାଓଡ଼ା ସ୍ୱତନ୍ତ୍ର ଟ୍ରେନ।

## ମଇଦାନରେ କେତେ ସଫଳ ହେବେ ଧରାକୋଟ ରାଜନନ୍ଦିନୀ ସୁଲକ୍ଷଣା ଗୀତାଞ୍ଜଳୀ ?

ଭୁବନେଶ୍ୱର,୧୭।୪(ପି.ଏନ): ରଣାଙ୍ଗନାକୁ ଆସିଲେ ଧରାକୋଟ ରାଜନନ୍ଦିନୀ ସୁଲକ୍ଷଣା ଗୀତାଞ୍ଜଳୀ। ସେ ବିଜେଡି ପ୍ରାର୍ଥୀ ହୋଇଛନ୍ତି। ଏଥର ସାନଖେମୁଣ୍ଡିରେ ହେବ ଜୋରଦାର ଫାଇଟ୍। ସୁଲକ୍ଷଣା ଗୀତାଞ୍ଜଳୀଙ୍କୁ କଡା ଟକ୍କର ଦେବେ କଂଗ୍ରେସ ବିଧାୟକ ରମେଶ ଚନ୍ଦ୍ର ଜେନା। ସେପଟେ ଦେଖିବାକୁ ଗଲେ ରମେଶ ଜେନା କୌଣସି ଗୁଣରେ କମ୍ ନୁହଁନ୍ତି। ସେ ପୂର୍ବରୁ ଧରାକୋଟ ରାଜା କିଶୋର ଚନ୍ଦ୍ର ସିଂହଦେଓ ଓ ରାଣୀ ନନ୍ଦିନୀ ଦେବୀଙ୍କୁ କଡା ଟକ୍କର ଦେଇ ପରାସ୍ତ କରିସାରିଛନ୍ତି। ତେଣୁ ସେ ରାଜନନ୍ଦିନୀଙ୍କୁ ହାଲ୍‌କା ଭାବେ ନେଉନଥିବା ଚର୍ଚ୍ଚା ହେଉଛି। ସାନଖେମୁଣ୍ଡି ବିଜେଡି ପ୍ରାର୍ଥୀ ହୋଇଛନ୍ତି ସୁଲକ୍ଷଣା ଗୀତାଞ୍ଜଳୀ।

## ଶଙ୍ଖ ଭବନରେ ଆଲୋଚନା ପରେ ଫେରିଲେ ବୀରମହାରାଜପୁର ପଞ୍ଚାୟତ ସମିତି ଉପାଧ୍ୟକ୍ଷ, ସମର୍ଥକ

ବୀରମହାରାଜପୁର,୧୭।୪(ପି.ଏନ): ଦଳୀୟ ଟିକେଟ୍ ନମିଳିବା ପରେ ଅମଙ୍ଗ ହୋଇ ଇସ୍ତଫା ଦେଇଥିବା ବୀରମହାରାଜପୁର ପଞ୍ଚାୟତ ସମିତିର ଅଧ୍ୟକ୍ଷା ଶାନ୍ତି ଲୁହା, ବୀରମରାଜପୁର ପଞ୍ଚାୟତ ସମିତିର ଉପାଧ୍ୟକ୍ଷ ତଥା ବିଜୁ ଯୁବ ଜନତା ଦଳର ସଭାପତି ନାରାୟଣ ଲୁହା, ବରିଷ୍ଠ ବିଜେଡ଼ି ନେତା ଋଷି ନାଥ ମହାକୁଡ଼, ଜିଲ୍ଲା ବିଜେଡ଼ି ସାଧାରଣ ସମ୍ପାଦକ। ଧୀରେନ୍ଦ୍ର ନାରାୟଣ ପଣ୍ଡାଙ୍କ ସମେତ ତାଙ୍କର ଅନ୍ୟ ସମର୍ଥକଙ୍କୁ ବିଜେଡି ବୁଝାଇଛି। ଅମଙ୍ଗ କର୍ମୀମାନେ ଗତ ୮ ତାରିଖରେ ଦେଇଥିବା ଇସ୍ତଫା ପତ୍ରକୁ ବିଜେଡି ଗ୍ରହଣ କରିନାହିଁ। ପ୍ରେସ୍ ? ବିଜ୍ଞପ୍ତି ଜାରି କରି ବିଜେଡି କହିଛି, କର୍ମୀମାନେ ପୂର୍ବ ଭଳି କାମ କରନ୍ତୁ ।ଶ୍ରୀ ଲୁହା ଗୋଷ୍ଠୀର ପ୍ରାୟ ୨୦ ଜଣ ସମର୍ଥକ ଭୁବନେଶ୍ୱରସ୍ଥିତ ଶଙ୍ଖ ଭବନରେ ବୁଧବାର ଭିକେ ପାଣ୍ଡିଆନ୍, ଦଳର ସଙ୍ଗଠନ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଓ ଅନ୍ୟାନ୍ୟ ନେତାଙ୍କ ସହିତ ଆଲୋଚନା କରିଥିଲେ। ସମସ୍ତ ନେତା ବିଜେଡି ଦଳରେ ରହିବେ ଓ ଦଳ ପାଇଁ କାର୍ଯ୍ୟ କରିବେ ବୋଲି ବିଜେଡ଼ି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶରେ ଦଳର ସାଧାରଣ ସମ୍ପାଦକ ମାନସ ମଙ୍ଗରାଜ ଏକ ଚିଠି କରିଛନ୍ତି। ଯଦିଓ ରାଜନୀତିରେ କେହି କାହାର ଶତ୍ରୁ ଅଥବା ମିତ୍ର ନୁହଁନ୍ତି। ତଥାପି ବିଧାୟକ ପଦ୍ମନାଭ ବେହେରା ଓ ନାରାୟଣ ଲୁହା



ଓ ତାଙ୍କ ସମର୍ଥକ କିଭଳି ମିଳିମିଶି କାର୍ଯ୍ୟ କରିବେ ତାହା ସମୟ ହିଁ କହିବ ବୋଲି ରାଜନୈତିକ ସମୀକ୍ଷକମାନେ ମତପ୍ରକାଶ କରୁଛନ୍ତି ।ସୂଚନାଯୋଗ୍ୟ, ବିଧାନସଭା ନିର୍ବାଚନ ପାଇଁ ଟିକେଟ୍ ଘୋଷଣା ପୂର୍ବରୁ ବୀରମହାରାଜପୁର ବିଧାୟକ ପଦ୍ମନାଭ ବେହେରା ଓ ବ୍ଲକ୍ ଉପାଧ୍ୟକ୍ଷ ନାରାୟଣ ଲୁହାଙ୍କ ମଧ୍ୟରେ ଟିକେଟ୍‌କୁ ନେଇ ବିବାଦ ଲାଗିଥିଲା। ଶ୍ରୀ ବେହେରାଙ୍କୁ ବିଜେଡି ପୁଣି ଥରେ ପ୍ରାର୍ଥୀ କରିଥିଲା। ଏହା ପରେ ନାରାୟଣ ଲୁହାଙ୍କ ସମର୍ଥକମାନେ ବିଧାୟକ ଶ୍ରୀ ବେହେରାଙ୍କ କୁଶପୁତ୍ତଳିକା ଦାହ କରିଥିଲେ। ପ୍ରାୟ ୫୨ ଜଣ କାର୍ଯ୍ୟକର୍ତ୍ତା, ନିର୍ବାଚିତ ପ୍ରତିନିଧି ଓ ବରିଷ୍ଠ ନେତା ବିଜେଡିରୁ ଇସ୍ତଫା ପ୍ରଦାନ କରିଥିଲେ। ପରେ ସୋନପୁର ବିଧାୟକ ତଥା ସ୍ୱାସ୍ଥ୍ୟମନ୍ତ୍ରୀ ନିରଞ୍ଜନ ପୂଜାରୀ ବୀରମହାରାଜପୁର ଓ ରାମପୁରରେ ନାରାୟଣଙ୍କ ସମର୍ଥକଙ୍କ ସହିତ ଆଲୋଚନା କରିଥିଲେ। କିନ୍ତୁ ବିବାଦ ସମାଧାନ ହୋଇଥିଲା। ସେହି ସମୟରେ ନିରଞ୍ଜନ କୁଆଡ ? ତୁମମାନଙ୍କ ଇସ୍ତଫା ଗ୍ରହଣ କରାଯାଇନାହିଁ। ଭୁବନେଶ୍ୱରରେ ଦଳୀୟ କାର୍ଯ୍ୟାଳୟରେ ଆଲୋଚନା ପରେ ସମାସ୍ୟାର ସମାଧାନ ହେବ ବୋଲି ପ୍ରତିଶ୍ରୁତି ଦେଇଥିଲେ।

## ଶୁଖିଯାଉଛି ଜଳାଶୟ: ଜଳଭଣ୍ଡାର ପାଲଟୁଛି ଗୋରୁଗାଈଙ୍କ ଚରାଭୂଇଁ

ରାଇରଙ୍ଗପୁର,୧୭।୪(ପି.ଏନ): ସାରା ରାଜ୍ୟରେ ଗ୍ରୀଷ୍ମର ପ୍ରକୋପ ବୃଦ୍ଧି ପାଇଥିବା ବେଳେ ମୟୂରଭଂଜ ଜିଲ୍ଲାରେ ସବୁଠାରୁ ଅଧିକ ଉତ୍ତାପ ହେଉଛି। ଚଳିତ ବର୍ଷ ଜିଲ୍ଲାର ଅନେକ ସ୍ଥାନରେ ସର୍ବୋଚ୍ଚ ତାପମାତ୍ରା ୪୦ ଡିଗ୍ରି ଅତିକ୍ରମ କରିଛି। ପ୍ରବଳ ଖରାଯୋଗୁଁ ଜିଲ୍ଲାର ଅଧିକାଂଶ ଜଳଉତ୍ସ, ନଦୀନାଳ, ଝରଣା, କୂଅପୋଖରୀ ଶୁଖିଗଲାଣି। ସବୁଠୁ ଦୁର୍ଭାଗ୍ୟର କଥା ହେଉଛି, ପୂର୍ବରୁ କୌଣସି ବର୍ଷ ଗ୍ରୀଷ୍ମ ଋତୁରେ ଜଳାଶୟ ଗୁଡିକ ଶୁଷ୍କ ହେଉନଥିବା ବେଳେ ଚଳିତ ବର୍ଷ ସେସବୁ ଶୁଖି ଫାଟି ଆଁ କରିଛି। ଜଳଭଣ୍ଡାରରେ ଆଦୌ ପାଣି ନଥିବାରୁ ସେଗୁଡିକ ବର୍ତ୍ତମାନ ଗୋରୁଗାଈଙ୍କ ଚରାଭୂଇଁ ପାଲଟିଛି। ପ୍ରତିଦିନ ଜଳଭଣ୍ଡା ଗୁଡିକରେ ଶହଶହ ଗାଈଗୋରୁ ଚରୁଥିବାର ଦେଖାଯାଉଛି। ଜଳଭଣ୍ଡାର ପୋତି ହୋଇଯିବା ଯୋଗୁଁ ଜଳଧାରଣ କ୍ଷମତା ମଧ୍ୟ ହ୍ରାସ ପାଉଛି। କ୍ଷୁଦ୍ର ଜଳସେଚନ ବିଭାଗ ଦ୍ୱାରା ପରିଚାଳିତ ଜଳଭଣ୍ଡାରର ଖନନ ଓ ପୁନଃଉଦ୍ଧାର ଜରୁରୀ ହୋଇ ପଡିଛି। ଜଳଭଣ୍ଡାର ପୋତି ହୋଇପଡିବା କାରଣରୁ ଏଠାରେ ବର୍ଷାଦିନରେ ଆଶାନୁରୂପ ପାଣି ଗଚ୍ଛିତ ହୋଇ ରହିପାରୁନି। ଏଣୁ ଜଳଭଣ୍ଡାରର ପୁନରୁଦ୍ଧାର ଏବଂ ସେଗୁଡିକର ଉଚ୍ଚତା ବଢାଇବା ପାଇଁ ସ୍ଥାନୀୟ ଅଂଚଳବାସୀ ଦାବି କରି ଆସୁଥିଲେ ବି କେହି କର୍ଣ୍ଣପାତ କରୁନାହାଁନ୍ତି ।ଦୀର୍ଘବର୍ଷ ଧରି ଉକ୍ତ ଜଳାଶୟରୁ ପଙ୍କ ଉଦ୍ଧାର ହୋଇନଥିବାରୁ ଏହାର ଶଯ୍ୟା ପୋତି ହୋଇଗଲାଣି। ଗତବର୍ଷର ବର୍ଷା ଫଳରେ ଜଳଭଣ୍ଡାର ଗୁଡିକରୁ ପାଣି ଉଛୁଳି ପାଣି ବାହାରକୁ ଚାଲିଯାଉଥିଲା। କିନ୍ତୁ ଚଳିତ ବର୍ଷ ଉକ୍ରଟ ଗ୍ରୀଷ୍ମ ପ୍ରକୋପ ଯୋଗୁଁ ଜଳଭଣ୍ଡାର ସମ୍ପୂର୍ଣ୍ଣ ଶୁଷ୍କ ହୋଇଯାଉଛି। ଉକ୍ତ ଜଳଭଣ୍ଡାର ଗୁଡିକର ଜଳରେ ଉଭୟ ଖରିଫ ଓ ରବି ଋତୁରେ ଶହ ଶହ ହେକ୍ଟର ଜମିକୁ



ଜଳସେଚନ ହୋଇ ପାରିଥାନ୍ତା କିନ୍ତୁ ଜଳାଶୟ ଗୁଡିକର ଉଚ୍ଚତା କମ୍ ଥିବାରୁ ସେଗୁଡିକରେ ବର୍ଷାଦିନରେ ମଧ୍ୟ ଜଳ ଗଚ୍ଛିତ ରହୁନାହିଁ । ପରିସ୍ଥିତି ଏମିତି ହେଉଛି, ବର୍ଷା ଛାଡିବା ମାତ୍ରେ ଜଳସ୍ତର ତୁରନ୍ତ ହ୍ରାସ ପାଉଛି। ଫଳରେ ଚାଷୀମାନେ ମଧ୍ୟ ରବିଋତୁରେ ଚାଷ କାର୍ଯ୍ୟ କରିବାରୁ ବଂଚିତ ହେଉଛନ୍ତି। ତେବେ କିଛି ଜଳଭଣ୍ଡାରର ପୁନରୁଦ୍ଧାର, କେନାଲ ମରାମତି ଓ ସଫେଇ ପାଇଁ ସରକାର ଲକ୍ଷଲକ୍ଷ ଟଙ୍କା ଖର୍ଚ୍ଚ କରୁଥିଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ । ଅଳ୍ପ କାର୍ଯ୍ୟ କରି ଠିକାଦାର ଓ ବିଭାଗୀୟ ଅଧିକାରୀ ମାନେ ମାଲାମାଲ୍ ହେଉଛନ୍ତି।

## ଆହୁରି ୪ ଦିନ କଲବଲ ହେବ ଅଧା ଓଡିଶା !

ଭୁବନେଶ୍ୱର,୧୭।୪(ପି.ଏନ): ଗତକାଲି ପରି ଆଜି ଅସମ୍ଭାଳ ହୋଇଛି ତାତି। କଲବଲ ହୋଇଛି ଅଧା ଓଡିଶା। ଘରେ ରହିହେଉନି କି ଘରୁ ବାହାରି ହେଉନି। ଭୟଙ୍କର ଗରମ ଓ ଗୁଳୁଗୁଳି ଯୋଗୁ ଅସ୍ତବ୍ୟସ୍ତ ହୋଇଛି ଜୀବନ। ଏମିତିକା ଭୟଙ୍କର ତାତି ଆହୁରି ୪ ଦିନ ପର୍ଯ୍ୟନ୍ତ ଲାଗି ରହିବାର ସମ୍ଭାବନା ରହିଛି। ସେଥିପାଇଁ ସତର୍କ ସୂଚନା ଜାରି କରିଛି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍ ? ଅନୁସାରେ ଗୁରୁବାର ମୟୂରଭଞ୍ଜ, ନୟାଗଡ, ଗଜପତି ଓ ନୂଆପଡା ଜିଲ୍ଲାରେ କେତେକ ସ୍ଥାନରେ ଭୟଙ୍କର ଗ୍ରୀଷ୍ମ ପ୍ରବାହ ଜାରି ହେବାର ସମ୍ଭାବନା ରହିଛି। ସେଥିପାଇଁ ଅରେଞ୍ଜ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡା, ଜଗତସିଂହପୁର, କଟକ, ଯାଜପୁର, ଖୋର୍ଦ୍ଧା, ଢେଙ୍କାନାଳ, ଅନୁଗୋଳ, କେନ୍ଦୁଝର, ବୌଦ୍ଧ, କନ୍ଧମାଳ, ଝାରସୁଗୁଡା, ବରଗଡ, କଳାହାଣ୍ଡି, କୋରାପୁଟ ଓ ମାଲକାନଗିରି ଜିଲ୍ଲାରେ କେତେକ ସ୍ଥାନରେ ଗ୍ରୀଷ୍ମ ପ୍ରବାହ ଜାରି ହେବ। ସେଥିପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

## ବ୍ୟାନର ଝୁଲାଇ ନିର୍ବାଚନକୁ ବହିଷ୍କାର ପାଇଁ ନକ୍ସଲଙ୍କ ଆହ୍ୱାନ; କଂଗ୍ରେସ ନେତା ଓ ସରପଞ୍ଚଙ୍କୁ ମୃତ୍ୟୁ ଦଣ୍ଡ ନେଇ ଚେତାବନୀ ଦେଲେ

ମାଲକାନଗିରି,୧୭।୪(ପି.ଏନ): ସୀମାନ୍ତରେ ପୁଣି ନକ୍ସଲଙ୍କ ବ୍ୟାନର ଓ ପୋଷ୍ଟର ଦେଖିବାକୁ ମିଳିଛି। ସୁକମା ଜିଲ୍ଲାର ଦୁର୍ଗମ ଅଂଚଳରେ ନକ୍ସଲ ପୋଷ୍ଟର ମାରିବା ସହ ବ୍ୟାନରରେ ୨୮ତମ ଲୋକସଭା ନିର୍ବାଚନକୁ ବହିଷ୍କାର ରିବାକୁ ଆହ୍ୱାନ ଦେଇଛନ୍ତି। କେନ୍ଦ୍ରର ବିଜେପି ଓ କଂଗ୍ରେସ ସରକାରଙ୍କୁ ମାରି ଭଗାନ୍ତୁ ବୋଲି କହିଛନ୍ତି। ପୁଲିସର ଗୁଣ୍ଡାଗିରି ଏବଂ କୋରପରେଟର, ଖଣି ମାଫିଆ ଆମର ଶତ୍ରୁ ବୋଲି ନକ୍ସଲ ବ୍ୟାନରରେ ଦର୍ଶାଇଛନ୍ତି। କଂଗ୍ରେସ ନେତା ଜମିତ ଭଦ୍ରା ଏବଂ ସରପଞ୍ଚ ବିସେଲ ନାଗଙ୍କୁ ପ୍ରଜାକୋର୍ଟରେ ମୃତ୍ୟୁ ଦଣ୍ଡ ଦିଆଯିବ ବୋଲି ଧମକ ଦେଇଛନ୍ତି। ଏହି ବ୍ୟାନରରେ ଅନ୍ୟ କିଛି ଗ୍ରାମବାସୀଙ୍କ ନାମ ମଧ୍ୟ ଉଲ୍ଲେଖ ରହିଛି, ଯାହାଙ୍କୁ ଜନ ଅଦାଲତରେ ଦଣ୍ଡିତ କରାଯିବ। ତେଣୁ ନିର୍ବାଚନକୁ ବହିଷ୍କାର କରିବା ସହ ନେତାମାନଙ୍କୁ ଗାଁରୁ ତଡିବାକୁ ଅନୁରୋଧ କରିଛନ୍ତି। ପୁଲିସର ଇନଫର୍ମର ବନିଛନ୍ତି ସେମାନେ ଏବେ ଠାରୁ ସୁଧୁରି ଯିବାକୁ ଚେତାବନୀ ଦେଇଛନ୍ତି ।ନଚେତ ସେମାନଙ୍କୁ ପ୍ରଜାକୋର୍ଟରେ ଦଣ୍ଡ ଭୋଗିବାକୁ ପଡିବ ବୋଲି ଧମକ ଦେଇଛନ୍ତି।









# ଟି ଟାଇମ୍

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ

ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ



ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ

ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ



କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁତ୍‌ଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ

ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ



କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।


**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତର୍ଫି ଲଭ କମ୍ୟୁନିଟଓ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲ ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




**ଭୁବନେଶ୍ୱର, ୨୦୨୪, ଅପ୍ରେଲ ୧୮**

# ରାମଙ୍କ ସଂସ୍କୃତି ବନାମ ସଂସ୍କୃତିର ରାମ


ଗୋପାଳ ମହାପାତ୍ର

ବିଶ୍ୱର ପ୍ରାଚୀନତମ ସଂସ୍କୃତି ମଧ୍ୟରୁ ଅନ୍ୟତମ ହେଉଛି ଭାରତୀୟ ସଂସ୍କୃତି । ଭାରତୀୟ ଜନମାନସର ଅମୂଲ୍ୟ ନିଧି ଏବଂ ଭାରତ ମାଟିର ଗୌରବ ହେଉଛି ଭାରତୀୟ ସଂସ୍କୃତି । ଭାରତୀୟ ସଂସ୍କୃତିର ଅଂଶବିଶେଷ ଧର୍ମ, ଦର୍ଶନ, ସାହିତ୍ୟ, ସଙ୍ଗୀତ ଆଦିରେ ଗୋଟିଏ ମାତ୍ର ନାମ, ଯାହାର ସ୍ମରଣ ମାତ୍ରେ ସ୍ୱତଃ ପୂର୍ତ୍ତ ଭାବେ ଜିଜିବିଷା, ଧୈର୍ଯ୍ୟ ଏବଂ ସାହାସ ଆସିଯାଏ ଏବଂ ଜୀବନ ଦାୟୀ ଶକ୍ତି ପ୍ରାପ୍ତ ହୋଇଥାଏ । ସେହି ନାମଟି ହେଉଛି ରାମ। ରାମ ଭାରତୀୟ ସଂସ୍କୃତିର ଆତ୍ମା, ନୈତିକ ମୂଲ୍ୟର ପ୍ରାଣ, ମାନବତାର ଅଧିଷ୍ଠାତା ଅଟନ୍ତି । ବାସ୍ତବିକ ଅର୍ଥରେ ରାମ ହେଉଛନ୍ତି ସଂପୂର୍ଣ୍ଣ ସଂସ୍କୃତି । ରାମଙ୍କ ସଂସ୍କୃତି ହିଁ ଭାରତୀୟ ସଂସ୍କୃତି । ରାମ ଭାରତୀୟ ସଂସ୍କୃତିର ସେଇ ସୂର୍ଯ୍ୟ ଯିଏ ପୁରା ରାଷ୍ଟ୍ରର ଦିଶା-ଦିଗନ୍ତକୁ ନିଜର ଆଦର୍ଶ ଗୁଣରେ ଦିପ୍ତିମନ୍ତ କରିଥିଲେ । ରାମଙ୍କ ଚରିତ୍ର ଏମିତି ଏକ ଚରିତ୍ର ଯାହା ଜୀବନର ପଥ ପ୍ରଦର୍ଶକ ଏବଂ ଦିଗ୍ ଦର୍ଶକ ଅଟେ ।ଆମେ ରାମଙ୍କ ସଂସ୍କୃତିକୁ ମନ, ବଚନ, କର୍ମରେ ଜୀବନର ପ୍ରତୀଟି ମୁହୂର୍ତ୍ତରେ ଗ୍ରହଣ କରିବା ଉଚିତ । ଆମେ ରାମଙ୍କ ସଂସ୍କୃତିକୁ ଜାଣିବା ଆବଶ୍ୟକ ଏବଂ ଏହାର ଅନୁକରଣ ମଧ୍ୟ କରାଯିବା ଆବଶ୍ୟକ । ରଘୁକୁଳ ତିଳକ ରାମ ଚାହିଁଥିଲେ ବନବାସ ଯାଇ ନଥାନ୍ତେ । ତାଙ୍କୁ ବନବାସରେ ଯିବାକୁ କେହି ବାଧ୍ୟ ବି କରିପାରି ନଥାନ୍ତେ ଏବଂ ସର୍ବୋପରି ତାଙ୍କ ପିତା ଦଶରଥ ମଧ୍ୟ ରାମ ବନବାସ ଯାଆନ୍ତୁ ବୋଲି ଚାହୁଁ ନଥିଲେ । କିନ୍ତୁ ତାଙ୍କ ପିତା ଦଶରଥ ତାଙ୍କ ବିମାତାଙ୍କୁ ଦେଇଥିବା ବଚନର ମାନ ରଖିବା ପାଇଁ ସେ ରାଜପଦ ଓ ରାଜ୍ୟ ଛାଡି ବନବାସରେ ଯିବା ପାଇଁ ଖୁସିରେ ରାଜି ହୋଇଯାଇଥିଲେ। କଳ୍ପନା କରାଯାଇପାରେ ଯେ ରାଜମହଲ ଓ ସମସ୍ତ ରାଜସୁଖ ଛାଡି ୧୪ ବର୍ଷ କାଳ ବକଳ ପିନ୍ଧି, ଫଳମୂଳ ଖାଇ ଜଙ୍ଗଲରେ ରହିବା କେତେ କଷ୍ଟ । କିନ୍ତୁ ରାମ ତାହାହିଁ କରିଥିଲେ କେବଳ ପିତାଙ୍କ ସତ୍ୟ ପାଳନ ପାଇଁ । ପିତା ଦେଇଥିବା ବଚନ ପାଇଁ ଯେମିତି ତାଙ୍କ ମୁଣ୍ଡ ତଳକୁ ନ ହେଉ ସେଥିପାଇଁ ସେ ସମସ୍ତ ସୁଖ ତ୍ୟାଗ କରିଦେଇଥିଲେ । ଏଭଳି ଏକ ଆଦର୍ଶ ପୁତ୍ରର ଛବି ରାମଙ୍କ ଚରିତ୍ରରେ ହିଁ ଦୃଷ୍ଟିଗୋଚର ହୋଇଥାଏ । ପ୍ରତ୍ୟେକ ଦେଶ, କାଳ, ପରିସ୍ଥିତିରେ ପ୍ରତ୍ୟେକବ୍ୟକ୍ତିର କ୍ଷମତା ପାଇଁ ଲାଳସା ରହିଥାଏ ଏବଂ ଏହି ଲାଳସାକୁ ଚରିତାର୍ଥ କରିବା ପାଇଁ ବ୍ୟକ୍ତିର ଅଭିଳାଷୀ ମନ ବେଳେବେଳେ ବିଦ୍ରୋହ ମଧ୍ୟ କରିଥାଏ । ଇତିହାସରୁ ଆମେ ଜାଣିଛେ ଯେ ମୋଗଲ ଶାସନକାଳରେ କ୍ଷମତା ଲୋଭରେ ଆଉରଙ୍ଗଜେବ ନିଜ ଭାଇ ଦାରା ଶିକୋହଙ୍କର ହତ୍ୟା କରାଇ ଦେଇଥିଲେ ଏବଂ ନିଜ ପିତା ଶାହାଜାହାନଙ୍କୁ ବନ୍ଦୀ କରିଥିଲେ । ସମ୍ରାଟ ଅଶୋକଙ୍କ ବାବଦରେ ମଧ୍ୟ ଏମିତି କିଛି କଥା ରହିଛି । ଅଶୋକ ମଧ୍ୟ ସିଂହାସନ ପାଇଁ ନିଜର ଭାଇମାନଙ୍କୁ ହତ୍ୟା କରିଥିଲେ । କ୍ଷମତା ପାଇଁ ସବୁକିଛି କରିବାକୁ ପ୍ରସ୍ତୁତ ଥିବା ଲୋକଙ୍କ ପାଇଁ ରାମ ଏକ ଉଦାହରଣ । ରାମଙ୍କୁ ବନବାସ ଯିବାକୁ ହେବ ଓ ଭରତ ରାଜା ହେବେ ବୋଲି ଜାଣି ମଧ୍ୟ ରାମଙ୍କ ମନରେ ଭରତଙ୍କ ପ୍ରତି ଈର୍ଷା ଓ ବିଦ୍ୱେଷ ଭାବ ସୃଷ୍ଟି ହୋଇ ନଥିଲା । ରାମଙ୍କର ଏହି ଗୁଣ ଭ୍ରାତୃ ପ୍ରେମ,ଭାଇଚାରାର ଏକ ସସକ୍ତ ଦୃଷ୍ଟାନ୍ତ ଅଟେ । ମହର୍ଷି ବାଲ୍ମୀକି ତାଙ୍କ ଲିଖିତ ରାମାୟଣ ଓ ତୁଳସୀଦାସ ତାଙ୍କ ରାମ ଚରିତ ମାନସରେ ଏକଥାର ଉଲ୍ଲେଖ କରିଛନ୍ତି । ରାମ ହେଉଛନ୍ତି ଏକ ଆଦର୍ଶ ପତିରସଂକଳ୍ପନା ଯିଏ ନିଜର ପତ୍ନୀ ସୀତାଙ୍କୁ ଆଜୀବନ ପ୍ରେମ କରୁଥିଲେ ଏବଂ ପତି ଧର୍ମକୁ ନିଷ୍ଠା ପୂର୍ବକ ପାଳନ କରିଥିଲେ । ନିଜ ଜୀବନ କାଳ ମଧ୍ୟରେ ସେ ସୀତାଙ୍କ ଛଡା ଅନ୍ୟ କାହାରି ପ୍ରତି ଆକୃଷ୍ଟ ହୋଇ ନାହାନ୍ତି । ବର୍ତ୍ତମାନ ସମାଜରେ ବୈବାହିକ ସଂସ୍କାର ବିଖଣ୍ଡନ ଏବଂ ବିବାହ ଭଳି ଏକ ପବିତ୍ର ବନ୍ଧନକୁ ହସ ମଜ୍ଜାର ଖେଳ ଭାବେ ଅନେକେ ଗ୍ରହଣ କରୁଛନ୍ତି । ଏହା ଭାରତୀୟ ସଂସ୍କୃତିର ବିରୋଧୀ । ରାବଣ ସୀତାଙ୍କୁ ହରଣ(ଚୋରି) କରି ନେଇଯିବା ପରେ ତାଙ୍କୁ ଖୋଜିବା ପାଇଁ ବ୍ୟାକୁଳ ହୋଇ ଜଙ୍ଗଲ ଜଙ୍ଗଲ ବୁଲୁଥିଲେ ଏବଂ ହନୁମାନ ସିତାଙ୍କ ଠାବ କରିବା ପରେ ଶହ ଶହ ଯୋଜନର ସମୁଦ୍ରରେ ସେତୁ ବନ୍ଧ ବାନ୍ଧିଥିଲେ । ରାମ ଲଙ୍କାକୁ ଯାଇ ରାବଣ ସହ ଯୁଦ୍ଧ କରିଥିଲେ । ରାବଣକୁ ବଦ୍ଧ କରି ପୁନଃ ସୀତାଙ୍କୁ ଫେରାଇ ଆଣିଥିଲେ । ବନବାସରୁ ଫେରି ଅଯୋଧ୍ୟା ଆସିବା ପରେ ସୀତାଙ୍କୁ ପରିତ୍ୟାଗ କରିବା ସମୟରେ ରାମଙ୍କ ସମ୍ମୁଖରେ ଦ୍ୱିତୀୟ ବିବାହର ବିକଳ୍ପ ମଧ୍ୟ ଥିଲା କିନ୍ତୁ ସେ ଚାହିଁ ନଥିଲେ । ରାମ ରାଜା ଥିଲେ ଏଣୁ ଦ୍ୱିତୀୟ ବିବାହ କରିବା ତାଙ୍କ ପାଇଁ କଠିନ କାମ ନଥିଲା । କିନ୍ତୁ ସେ ସୀତାଙ୍କ ବ୍ୟତିତ ଅନ୍ୟ କାହାରି କଥା ଚିନ୍ତା କରି ନଥିଲେ । ଆଜିର ସମୟରେ ପତ୍ନୀର ଅନୁପସ୍ଥିତିରେ ଶ୍ରୀମାନ ପତି ବାହାରେ ହିନ୍ଦୀ ସିନେମା ବିବି ନମ୍ବର ୱାନରରିମେକ୍ କରି ଦେଉଛନ୍ତି କିମ୍ବା ବାହାଘରରେ ଯୌତୁକ ନ ମିଳିବା ଭଳି କଥା କହି ପ୍ରଥମ ପତ୍ନୀକୁ ଛାଡି ଦ୍ୱିତୀୟ ପତ୍ନୀ ଗ୍ରହଣ କରି ନେଉଛନ୍ତି । ଏପରିକି ଅନେକ ସମୟରେ ବିଚାରୀ ପତ୍ନୀଙ୍କୁ ପତିଙ୍କ ଦ୍ୱାରା ଦିଆଯାଉଥିବା ଯନ୍ତ୍ରଣା ମଧ୍ୟ ସହିବାକୁ ପଡିଥାଏ। ଏଭଳି ମାନସିକତାର ବ୍ୟକ୍ତିଙ୍କ ମାନସିକତା କ'ଣ ଭାରତୀୟ ସଂସ୍କୃତିରୁ ଆନୀତ କି ? ରାମଙ୍କର ମହିଳା(ସ୍ତ୍ରୀ)ଙ୍କ ପ୍ରତି ଦୃଷ୍ଟି ଭଙ୍ଗି ମହାନ । ଆମେ ଆମ ଆଖପାଖରେ ଦେଖିବାକୁ ପାଉଛେ ମହିଳାଙ୍କ ପ୍ରତି ଦୃଷ୍ଟି ଭଙ୍ଗି କେତେ ନିମ୍ନ ଧରଣର । ଆମ ଭଉଣୀ-ଝିଅ ଆଜି ଅସୁରକ୍ଷିତ । ନୈନ୍ଦିନ ଶୋଷଣ ବଳାତ୍କାର ଭଳି ଘଟଣା ଘଟି ଚାଲିଛି ଯାହା ହୃଦୟ ବିଦାରକ । କିନ୍ତୁ ଯଦି ସମାଜ ରାମଙ୍କ ଗୁଣର ଅନୁପାଳନ କରିବ ତେବେ ନାରୀ ବା ମହିଳାମାନେ ସୁରକ୍ଷିତ ରହି ପାରିବେ ଓ ପ୍ରକୃତରେ ରାମ ରାଜ୍ୟସ୍ଥାପନ ହୋଇପାରିବ ।

*ରାମଚନ୍ଦ୍ରପୁର*
*ରଣପୁର*
*ମୋ-୯୪୩୮୪୮୫୦୯୪*

# ଧୋତି ପିନ୍ଧା ନେତାଙ୍କ ଜମାନା ଗଲାଣି


ବାଦଲ ଭୂୟାଁ

ମୁଣ୍ଡ ଉପରେ ନିର୍ବାଚନ ତାତି। ଇଆଡ଼େ ବି ସହଯେ ଗରମର ତାତି। ସତରେ ନିର୍ବାଚନ ଏପରି ଏକ ସମୟ ଯେତେବେଳେ ରୋଷେଇ ଘର ଠାରୁ ଚା'ଖଟି, ଗାଁ ଛକ ମୁଣ୍ଡ ଠାରୁ କର୍ପୋରେଟ ହାଉସ ସବୁଠି ନିର୍ବାଚନର ହିଁ ଆଲୋଚନା। ଆଜିର ପ୍ରଚାର ସର୍ବସ୍ୱ ନିର୍ବାଚନ ବେଳେ ନିତି, ଆଦର୍ଶ, ବ୍ୟକ୍ତିତ୍ୱ ତ ଅଲଗା କଥା କିନ୍ତୁ ନେତାଙ୍କର ବେଶଭୂଷା ଏକ ବଡ଼ ସ୍ଥାନ ନେଇଥାଏ ଭୋଟରଙ୍କ ପାଖରେ। ପାଖାପାଖି ନବେ ଦଶକ ପର୍ଯ୍ୟନ୍ତ ଅଧିକାଂଶ ନେତା ଧୋତି ପିନ୍ଧୁଥିଲେ। ଏବେ କହିବାକୁଗଲେ ଧୋତି ପିନ୍ଧା ନେତାଙ୍କ ଜମାନା ଆଉ ନାହିଁ। ଫଟୋରେ ହେଉ ବା ବ୍ୟାନର କିମ୍ବା ଭୋଟରଙ୍କ ପାଖକୁ ଯାଆନ୍ତୁ। ବେଶଭୂଷା ବ୍ୟକ୍ତିତ୍ୱ ଏକ ବଡ଼ ଭୂଷଣ ତେଣୁ ପିନ୍ଧା ପରିପାଟୀକୁ ନେତାମାନେ ବେଶ ଗୁରୁତ୍ୱ ଦେଇଥାନ୍ତି। ନେତାମାନଙ୍କ ବେଶଭୂଷାର ଗୁରୁତ୍ୱ ବେଶ ବଢ଼ତ୍‌ରେ ରହୁଥିବାବେଳେ ଲୋକଙ୍କ ପସନ୍ଦକୁ ଦେଖି ନେତାଏ ପୋଷାକ ପରିଧାନ କରିଥାନ୍ତି। କେତେକ ନେତା ପ୍ରାୟତଃ ସୁଟବୁଟ ଆଉ ଆକର୍ଷଣୀୟ ଭେଳିକିର ରଙ୍ଗୀନ ପୋଷାକ ପିନ୍ଧିବା ଠାରୁ ଟିକିଏ ଦୂରେଇ ରହିଥାନ୍ତି। ଲୋକମାନଙ୍କ ଭିତରେ ଏକ ସଫେଦ ପ୍ରତିଛବିର ଧାରଣା ତିଆରି କରିବାକୁ ଧଳା ପୋଷାକକୁ ଅଧିକ ଗୁରୁତ୍ୱ ଓ ପ୍ରାଧାନ୍ୟ ଦିଆଯାଇଥାଏ। କହିବାକୁଗଲେ ଭାରତ ବର୍ଷରେ ସ୍ୱାଧୀନତା ପରଠାରୁ ଏଯାବତ୍ ନେତୃବର୍ଗଙ୍କ ନେତାଳିଆ ପୋଷାକ କହିଲେ ପ୍ରାୟତଃ ଧଳାକୁ ବୁଝାଏ। ଯଦି ତିନି ଦଶନ୍ଧି ତଳକୁ ଫେରିଯିବା ତେବେ ନେତାଙ୍କ ଡ୍ରେସକୋର୍ଡ଼ ସାଧାରଣତଃ ଧଳା ପାଇଜାମା ଓ ଧଳା ଧୋତି। ଧୋତିକୁ କୁଞ୍ଚମାରି ହାତରେ ଗୋଟିଏ କାନି ଧରିବା ଥିଲା ନେତାଙ୍କ ଏକ ଭିନ୍ନ ଅନ୍ଦାଜର ଟ୍ରେଡମାର୍କ ଷ୍ଟାଇଲ। ଦିନ ଥିଲା ଓଡ଼ିଶାର ମହାନ ଜନନାୟକ କିମ୍ବଦନ୍ତୀ ବ୍ୟକ୍ତିତ୍ୱ ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକ, ଡକ୍ଟର ହରେକୃଷ୍ଣ ମହତାବ, ଜାନକୀବଲ୍ଲଭ ପଟ୍ଟନାୟକ, ପୂର୍ବତନ ବାଚସ୍ପତି ଶରତ କର, ପୂର୍ବତନ ବିଧାୟକ ଶେଖ ମତଲୁବ ଅଲ୍ଲୀ, ବିକ୍ରମ କେଶରୀ ବର୍ମା, ପ୍ରଫେସର କାଳନ୍ଦୀ ବେହେରା, ଦୋଳଗୋବିନ୍ଦ ପ୍ରଧାନ, ପଞ୍ଚାନନ କାନୁନଗୋ, କାହ୍ନୁ ଚରଣ ଲେଙ୍କା, ଦାମୋଦର ରାଉତ ଓ ପୂର୍ବତନ ନଗରପାଳ ତ୍ରିଲୋଚନ କାନୁନଗୋଙ୍କ ଭଳି ଓଡ଼ିଶାର ଅନେକ ରାଜନେତା ଦୀର୍ଘ ବର୍ଷ ଧରି ଧୋତି ପିନ୍ଧୁଥିଲେ କିନ୍ତୁ ସମୟକ୍ରମେ ଏହି ଧୋତି ପିନ୍ଧା ନେତାଙ୍କ ସଂଖ୍ୟାତ କମିଗଲା କିନ୍ତୁ ଅନେକ ବରିଷ୍ଠ ରାଜନେତା ନିଜ ରାଜନୈତିକ କ୍ୟାରିୟରର ଶେଷ ପର୍ଯ୍ୟନ୍ତ ଧୋତି ପଞ୍ଜାବୀ ପିନ୍ଧୁଥିଲେ। ଯଦିଓ କେହି କେହି କାଁ ଭାଁ କୌଣସି ପାରିବାରିକ କାର୍ଯ୍ୟକ୍ରମ ବା ବିଦେଶାଗତ ଅତିଥିଙ୍କ ସରକାରୀ କାର୍ଯ୍ୟକ୍ରମରେ ସୁଟ ପରିଧାନ କରିଥାନ୍ତି। ଏବେ ଧୋତିର ଟ୍ରେଡ଼ମାର୍କ ଟିକିଏ ବଦଳି ଏହା ଟ୍ରାଉଜର ପଞ୍ଜାବୀର ଟ୍ରେଣ୍ଡରେ ପହଞ୍ଚିଗଲାଣି। ବର୍ତ୍ତମାନର ନେତାଙ୍କ ମନ ପସନ୍ଦର ଫର୍ମାଲ ୱେରର ଆକର୍ଷଣ ବଢୁଛି। ଧଳାଖଦି ସାର୍ଟ ସାଙ୍ଗକୁ ଫର୍ମାଲ ପ୍ୟାଣ୍ଟ ଏକ ଆଧୁନିକ ଫେସନରେ ପରିଣତ ହେଲାଣି। ଏହା ଯଦିଓ ଯୁବନେତାଙ୍କ ଆଗ୍ରହ ତେବେ କେବଳ ପ୍ୟାଣ୍ଟ ସାର୍ଟ ନୁହେଁ ବରଂ ଜୋତା ତୁଳନାରେ ଚପଲ ପିନ୍ଧା ନେତାଙ୍କ ସଂଖ୍ୟା ଏବେ ଅଧିକ। ତେବେ ନବେ ଦଶକ ପରେ ଧୋତି ପଞ୍ଜାବୀ ଟ୍ରେଣ୍ଡ ଟିକିଏ ବଦଳି ଏହା ଟ୍ରାଉଜର ପଞ୍ଜାବୀ ଫେସନକୁ ଆଦରିଲା। ଏହା ଅନେକ ନେତାଙ୍କ ଟ୍ରେଡମାର୍କ ଲୁକ ବୋଲି କୁହାଯାଏ। ଏହିଭଳି ଲୁକ ଭିତରେ ବର୍ତ୍ତମାନର ନେତାଙ୍କୁ ଖୋଜିଲେ ସାଂସଦ ଭର୍ତ୍ତୃହରି ମହତାବ, ପ୍ରତାପ ଜେନା, ବରିଷ୍ଠ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ଦେବାଶିଷ ସାମନ୍ତରାୟ, ପ୍ରକାଶ ବେହେରା, ଇଂ.ମହମ୍ମଦ ମୋକିମ୍, ପୂର୍ବତନ ବିଧାୟକ ପ୍ରଭାତ ତ୍ରିପାଠୀଙ୍କ ଭଳି ନେତା ଏହି ଟ୍ରେଡମାର୍କ ଲୁକରେ ଯାଉଛନ୍ତି। ତାଙ୍କ ଏହି ବେଶଭୂଷା ରାଜନୈତିକ ମଇଦାନରେ ସମର୍ଥକ, ସହଯୋଗୀ ଓ ଅନୁଗତଙ୍କୁ କିନ୍ତୁ ବେଶ ଖୁସି ଦେଉଛି। କଥା ଉଠେ ନେତା ମାନଙ୍କର ଏହି ଲୁକ ସତରେ କ'ଣ କିଛି ସ୍ୱତନ୍ତ୍ରତା ରଖିଥାଏ ? କେହି କେହି ଏହାକୁ ଏକ ପଲଟିକାଲ ନେସେସିଟି ବୋଲି କୁହନ୍ତି ଆଉ କେହି କେହି ଏହା ପିନ୍ଧିବାକୁ ଭଲ ଲାଗିଥାଏ ବୋଲି ଏହାକୁ ଗ୍ରହଣ କରିଥାନ୍ତି। କିନ୍ତୁ ନୂଆପିଢ଼ୀର ନେତାମାନେ ଏଥିରୁ ଟିକିଏ ନିଜ ପସନ୍ଦକୁ ବଦଳାଇ ଫର୍ମାଲ ପ୍ୟାଣ୍ଟ, ଧଳା ସାର୍ଟ ପିନ୍ଧିବାକୁ ପସନ୍ଦ କରୁଛନ୍ତି। ଏହି ତାଲିକାରେ ପ୍ରଭାତ ବିଶ୍ୱାଳ, ଦେବୀ ପ୍ରସାଦ ମିଶ୍ର, ପ୍ରଶାନ୍ତ ବେହେରା, ଚନ୍ଦ୍ରସାରଥୀ ବେହେରା, ସୌଭିକ ବିଶ୍ୱାଳ, ଦେବୀରଞ୍ଜନ ତ୍ରିପାଠୀ ପ୍ରମୁଖ ଯିବେ। ଫର୍ମାଲ ୱେରରେ ଏମାନଙ୍କ ଧଳାସାର୍ଟ ଓ ଧଳା ପ୍ୟାଣ୍ଟ ପିନ୍ଧା ଅନ୍ଦାଜ ସମସ୍ତଙ୍କ ପସନ୍ଦ ହୋଇଥାଏ। ତେବେ ଭାରତୀୟ ରାଜନୀତିରେ ଏବଂ ଭାରତର ବିଭିନ୍ନ ପ୍ରାଦେଶିକ ଦଳ ଓ ଆଞ୍ଚଳିକ ଦଳର ନେତା ମାନଙ୍କର ତାଲିକା ଖୋଜିଲେ ଧୋତି ପିନ୍ଧା ନେତାଙ୍କ ତାଲିକା ଆହୁରି ଲମ୍ବିବ। ଏବେ ଯଦିଓ ବେଶପୋଷାକ ଓ ଆଦବ କାଇଦାକୁ ଲୋକମାନେ ଆଗ୍ରହର ସହିତ ଲକ୍ଷ୍ୟ କରୁଛନ୍ତି ତେଣୁ ନେତାମାନେ ନିଜ ପିନ୍ଧା ପରିପାଟୀକୁ ବେଶ ଗୁରୁତ୍ୱ ଦେଉଛନ୍ତି। କେହି କେହି ଧୋତିପିନ୍ଧା ଏକ ଅସହଜ ଓ ଅସୁବିଧା ଜନକ ବେଶ ପରିପାଟୀ କହୁଥିଲେ ମଧ୍ୟ ରାଜନୀତି କ୍ଷେତ୍ରରେ ଏହା ଏକ ମର୍ଯ୍ୟାଦା ଓ ସମ୍ମାନର ଗୁରୁତ୍ୱ ବଢ଼ାଇ ଦେଇଥାଏ କିନ୍ତୁ ଭୋଟ କ୍ଷେତ୍ରରେ ଧୋତି ପିନ୍ଧା ବା ସୁଟବୁଟ ପିନ୍ଧା ଏସବୁ ପ୍ରୟୋଜନ ରଖେ କିମ୍ବା ନାହିଁ ସେ ଉତ୍ତର ସେ ନିଜେ ସେ ନେତାମାନେ ଦେଇପାରିବେ !

*୪ଜି, ପ୍ରତାପ ଆପାର୍ଟମେଣ୍ଟ,*
*୭ଏକ୍ସଟେନସନ ରୋଡ଼, ପୁରୁଣା*
*ସୋନାରି, ଜାମସେଦପୁର, ଝାରଖଣ୍ଡ,*
*ଦୂରଭାଷ : ୯୨୦୪୬୫୨୦୬୫ /*
*୭୪୮୮୯୯୮୫୩୨*

# ପବିତ୍ର ରାମ ନବମୀ ଓ ରାମାୟଣର କେତୋଟି ଅଜଣା କଥା


ତପନ କୁମାର ପାଳ

ଚୈତ୍ର ଶୁକ୍ଳ ନବମୀ ତିଥି ରାମ ନବମୀ ରୂପେ ପରିଚିତ। ଏହି ଦିନ ମର୍ଯ୍ୟାଦା ପୁରୁଷୋତ୍ତମ ପ୍ରଭୁ ଶ୍ରୀରାମଚନ୍ଦ୍ରଙ୍କର ପବିତ୍ର ଜନ୍ମୋତ୍ସବ। ଅଧର୍ମର ମୂଳୋତ୍ପାଟନ, ରାବଣ ଆଦି ରାକ୍ଷସମାନଙ୍କୁ ସଂହାର କରିବାକୁ ଶ୍ରୀବିଷ୍ଣୁଙ୍କ ସପ୍ତମ ଅବତାର ପ୍ରଭୁ ରାମଚନ୍ଦ୍ର ଧରାବତରଣ କରିଥିଲେ। ପ୍ରାପ୍ତ ବୟସରେ ମିଥିଳା ନରେଶ ଜନକଙ୍କ ଦୁହିତା ଦେବୀ ସୀତାଙ୍କ ସହିତ ତାଙ୍କ ବିବାହ ବିଧି ସମ୍ପନ୍ନ ହୋଇଥିଲା। ପିତୃସତ୍ୟ ପାଳନ କରି ରାଜସୁଖ ପରିହାର ପୂର୍ବକ ଦେବୀ ସୀତା ଓ ଅନୁଜ ଲକ୍ଷ୍ମଣଙ୍କ ସହ ପ୍ରଭୁ ଚଉଦ ବର୍ଷ ବନବାସ ଯାଇଥିଲେ। ଦଣ୍ଡକାରଣ୍ୟରେ ଅବସ୍ଥାନ କାଳରେ ଦୁରାଚାରୀ ରାବଣ ମାତା ସୀତାଙ୍କୁ ଅପହରଣ କରିନେଲା। ରାବଣ ସମେତ ସମସ୍ତ ରାକ୍ଷସଙ୍କୁ ନିଧନ କରିଥିଲେ ପ୍ରଭୁ। ବନବାସ ପରେ ତାଙ୍କୁ ରାଜସିଂହାସନରେ ଅଭିସିକ୍ତ କରାଗଲା। ପ୍ରଜାକୂଳକୁ ସମ୍ମାନ ଦେବାକୁ ଦେବୀ ସୀତା ଅଗ୍ନିପରୀକ୍ଷା ଦେଇଥିଲେ ମଧ୍ୟ ପ୍ରଭୁ ତାଙ୍କୁ ନିର୍ବାସନ ଦଣ୍ଡ ଦେଇଥିଲେ। ପ୍ରଭୁ ତାଙ୍କ ଅବତାରରେ ସମ୍ପୂର୍ଣ୍ଣ ମାନବ ଜୀବନଯାପନ କରିଥିଲେ। ମର୍ଯ୍ୟାଦା ପାଇଁ ସେ ନିଜର ସମସ୍ତ ସୁଖ ବଳି ଦେଇଥିଲେ। ଏହା ହିଁ ମାନବ ସମାଜ ପାଇଁ ଏକ ବଡ଼ ଶିକ୍ଷା। ପବିତ୍ର ରାମନବମୀ ଉପଲକ୍ଷେ ନଅ ଦିନ ବ୍ୟାପୀ ଭଜନ, କୀର୍ତ୍ତନ, ଯଜ୍ଞ, ରାମଚରିତ ମାନସ ଆଦି ପାଠ କରାଯାଏ। ଶ୍ରୀମନ୍ଦିରରେ ମଧ୍ୟ ଶ୍ରୀରାମଙ୍କ ଜନ୍ମୋତ୍ସବ ଅନୁଷ୍ଠିତ ହୋଇଥାଏ। ସ୍ୱୟଂ ପ୍ରଭୁ ଶ୍ରୀଜଗନ୍ନାଥ ମାତା ରୂପେ ବିଳମ୍ବିତ ରାତ୍ରୀରେ ଶ୍ରୀରାମଙ୍କୁ ଜନ୍ମ ଦେଇଥାନ୍ତି। ମଧ୍ୟାହ୍ନରେ ଠାକୁରମାନଙ୍କ ମଧ୍ୟାହ୍ନ ଧୂପ ନୀତି ଶେଷ ହେବାପରେ ଜନ୍ମନୀତି ଅନୁଷ୍ଠିତ ହୋଇଥାଏ। ଦୁଇଜଣ ମହାଜନ ସେବକ ଦଶରଥ ଓ କୌଶଲ୍ୟା ହୋଇ ଜନ୍ମବିଧି ପାଳନ କରିଥାନ୍ତି। ଗୁପ୍ତନୀତି କେହି ନଦେଖିବା ପାଇଁ ଗର୍ଭଗୃହରେ ଥିବା ଜୟବିଜୟ ଦ୍ୱାର ବନ୍ଦ କରିଦିଆଯାଏ।

ମହର୍ଷି ବାଲ୍ମିକୀ ରାମାୟଣ ମହାକାବ୍ୟର ରଚନା କରିଥିଲେ । ଏଥିରେ ୨୪ ହଜାର ଶ୍ଳୋକ, ୫ ଶହ ଉପଖଣ୍ଡ ଏବଂ ଉତ୍ତର ସହିତ ୭ଟି କାଣ୍ଡ ରହିଛି ।

ଯେଉଁ ସମୟରେ ରାଜା ଦଶରଥ ପୁତ୍ରୋଷ୍ଟି ଯଜ୍ଞ କରାଇଥିଲେ, ସେ ସମୟରେ ତାଙ୍କ ବୟସ ପାଖାପାଖି ୬୦ ହଜାର ବର୍ଷ ଥିଲା ।

ରାମଙ୍କୁ ବନବାସ ପଠାଇବା ଖବର ଶୁଣି ଲକ୍ଷ୍ମଣ ପିତା ଦଶରଥଙ୍କ ସହ ଯୁଦ୍ଧ କରିବାକୁ ବାହାରିଥିଲେ । ରାମଙ୍କ ଅନୁରୋଧକ୍ରମେ ସେ ଶାନ୍ତ ହୋଇଥିଲେ ।

ବାଲ୍ମିକୀ ରାମାୟଣ ଅନୁଯାୟୀ ଭଗବାନ ରାମଙ୍କ ଜନ୍ମ ଚୈତ୍ର୍ୟ ଶୁକ୍ଳପକ୍ଷ ନବମୀ ତିଥି ପୁନର୍ବସୁ ନକ୍ଷତ୍ର କର୍କଟ ଲଗ୍ନରେ ହୋଇଥିଲା । ଏହି ସମୟରେ ସୂର୍ଯ୍ୟ, ମଙ୍ଗଳ, ଶନି, ଗୁରୁ, ଶୁକ୍ର ଆଦି ଗ୍ରହ ନିଜ ନିଜ ଉଚ୍ଚ ସ୍ଥାନରେ ରହିଥିଲେ ।

ତୁଳସୀ ଦାସଙ୍କ ରାମାୟଣରେ ସୀତାଙ୍କ ସ୍ୱୟମ୍ବର ବିଷୟରେ ଉଲ୍ଲେଖ ରହିଛି, ମାତ୍ର ବାଲ୍ମିକୀ ରାମାୟଣରେ ଏହା ଦେଖିବାକୁ ମିଳେ ନାହିଁ । ବାଲ୍ମିକୀ ରାମାୟଣରେ ଥିବା ବର୍ଣ୍ଣନା ଅନୁଯାୟୀ ଶ୍ରୀରାମ, ଲକ୍ଷ୍ମଣ ଓ ଋଷି ବିଶ୍ୱାମିତ୍ର ମିଥିଳା ଯାଇ ରାଜା ଜନକଙ୍କୁ ଶିବ ଧନୁ ଦେଖାଇବାକୁ କହିଥିଲେ । ରାମ ଶିବ ଧନୁ ଉଠାଇ ସେଥିରେ ପ୍ରତ୍ୟ  । ବାନ୍ଧିବାକୁ ଉଦ୍ୟମ କରିବା ସମୟରେ ତାହା ଭାଙ୍ଗିଯାଇଥିଲା । ପୂର୍ବରୁ ରାଜା ଜନକ ଶପଥ କରିଥିଲେ ଯିଏ ଶିବଧନୁ ଉଠାଇବେ, ତାଙ୍କ ସହ ମାତା ସୀତାଙ୍କୁ ବାହା କରାଇବେ । ସେହି ଅନୁଯାୟୀ ରାମ-ସୀତାଙ୍କ ବିବାହ ହୋଇଥିଲା ।

ବନବାସ ଯିବା ସମୟରେ ଭଗବାନ ରାମଚନ୍ଦ୍ରଙ୍କୁ ୨୭ ବର୍ଷ ହୋଇଥିଲା ।

ଭରତଙ୍କୁ ପିତା ଦଶରଥଙ୍କ ମୃତ୍ୟୁର ଆଭାସ ମିଳିସାରିଥିଲା ।

ଜଟାୟୁର ପିତା ଥିଲେ ଅରୁଣ । ଅରୁଣ ସୂର୍ଯ୍ୟଙ୍କ ରଥର ସାରଥୀ ଥିଲେ ।

ରାବଣ ମାତା ସୀତାଙ୍କୁ ଅପହରଣ କରିବା ଦିନ ବ୍ରହ୍ମଦେବଙ୍କ ଆଜ୍ଞାକ୍ରମେ ଇନ୍ଦ୍ର ଦେବ କ୍ଷୀରି ନେଇ ମାତା ସୀତାଙ୍କୁ ଖାଇବାକୁ ଦେଇଥିଲେ, ଯଦ୍ୱାରା ମାତାଙ୍କ କ୍ଷୁଧା ତୃପ୍ତ ହୋଇଥିଲା ।

ସେତୁବନ୍ଧନ ପାଇଁ ୫ଦିନ ଲାଗିଥିଲା । ସେତୁର ଦୂରତା ୧୦ ଯୋଜନ ( ୧୩ରୁ ୧୬ କି.ମି.) ଥିଲା ।

ଲକ୍ଷ୍ମଣ ରାବଣର ଭଉଣୀ ସୂପର୍ଣ୍ଣଖାର ନାମ କାଟି ଦେଇଥିବାରୁ ରାବଣ ସୀତାଙ୍କୁ ହରଣ କରିଥିଲା । ତେବେ ସୂପର୍ଣ୍ଣଖା ହିଁ ରାବଣକୁ ସର୍ବନାଶ ଅଭିଶାପ ଦେଇଥିଲା । ସୂପର୍ଣ୍ଣଖାର ପତି ଥିଲା ବିଦ୍ୟୁତ୍‌ଜିହ୍ୱା । ସେ କାଳକେୟ ରାକ୍ଷସର ସେନାପତି ଥିଲା । ବିଶ୍ୱ ବିଜୟ ପାଇଁ ବାହାରିଥିବା ରାବଣ ହାତରେ ବିଦ୍ୟୁତ୍‌ଜିହ୍ୱାର ପ୍ରାଣ ଯାଇଥିଲା । ଏଥିରେ କ୍ରୋଧିତ ହୋଇ ସୂପର୍ଣଖା ରାବଣକୁ ଅଭିଶାପ ଦେଇଥିଲା ।

ଥରେ ପୁଷ୍ପକ ବିମାନରେ ଯାଉଥିବା ସମୟରେ ରାବଣ ବେଦବତୀ ନାମ୍ନୀ ଜଣେ ନାରୀଙ୍କୁ ଭେଟିଲା । ସେ ଭଗବାନ ବିଷ୍ଣୁଙ୍କୁପତି ରୂପେ ପ୍ରାପ୍ତ କରିବା ନିମନ୍ତେ ତପସ୍ୟା କରୁଥିଲେ । ରାବଣ ତାଙ୍କୁ ଅପହରଣ କରି ନେବାକୁ ଉଦ୍ୟମ କରିବାରୁ ବେଦବତୀ ଦେହତ୍ୟାଗ କଲେ । ସେ ରାବଣକୁ ଅଭିଶାପ ଦେଲେ, ଜଣେ ନାରୀ ପାଇଁ ତୋର ପ୍ରାଣ ଯିବ । ପରେ ବେଦବତୀ ହିଁ ଜନକପୁତ୍ରୀ ସୀତା ହୋଇ ଜନ୍ମ ନେଲେ ।

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ, ଷ୍ଟାଫ*
*କଲୋନୀ, ଦେଉଳ ସାହି,*
*ତୁଳସୀପୁର, କଟକ,*
*ଦୂରଭାଷ : ୯୯୩୭୬୫୮୩୬୨ /*
*୭୯୭୮୭୯୬୩୩*


# ଅଶୋକାଷ୍ଟମୀ


ଡ଼ଃ.ଅରୁନ୍ଧତୀ ଦେବୀ

ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ରଥଯାତ୍ରା ପରି ଚୈତ୍ର ମାସରେ ଭୁବନେଶ୍ୱରର ଆରାଧ୍ୟ ମହାପ୍ରଭୁ ଶ୍ରୀ ଶ୍ରୀ ଲିଙ୍ଗରାଜଙ୍କ ଏହି ଯାତ୍ରା ଅନୁଷ୍ଠିତ ହୋଇଥାଏ। ଚୈତ୍ର ମାସ ଶୁକ୍ଳ ଅଷ୍ଟମୀ ଦିନ ଯାତ୍ରାକୁ ଅଶୋକାଷ୍ଟମୀ କୁହାଯାଏ। ଏହି ଦିନ ଯାତ୍ରାର ରଥକୁ ରୁକୁଣା ରଥ କୁହାଯାଏ। ଏହି ସମୟରେ ଦେବୀ ଦୁର୍ଗାଙ୍କ ବାସନ୍ତୀ ଦୁର୍ଗା ପୂଜା ଚାଲିଥାଏ ଆଉ ଅଶୋକାଷ୍ଟମୀ ପରଦିନକୁ ରାମ ନବମୀ କୁହାଯାଏ। ରମନବମୀ ପୂର୍ବଦିନ ଅଶୋକ ନାମ ଯୁକ୍ତ ଥିବାରୁ ରାମାୟଣରେ ବର୍ଣ୍ଣିତ ଅଶୋକ ବନ ସାଧାରଣତଃ ସ୍ମରଣକୁ ଆସିଥାଏ। ପ୍ରାଚୀନ ଭେଷଜ ଶାସ୍ତ୍ରରୁ ଜଣାଯାଏ ଅଶୋକ ବୃକ୍ଷ ହେଉଛି ଦୈନନ୍ଦିନ ଚିକିତ୍ସା ବିଶେଷକରି ସ୍ତ୍ରୀଲୋକମାନଙ୍କ ପାଇଁ ଉପକାରୀ। ସେହିପରି ରୁକ୍ମଣା ରଥର ନାମା କରଣ ପଛରେ ରହିଛି ଶ୍ରୀକୃଷ୍ଣଙ୍କ ପତ୍ନୀ ରୁକ୍ମିଣୀଙ୍କ ନାମାନୁଯାୟୀ ଏହା ନାମିତ ହୋଇଛି ଯାହାକି ବୈଷ୍ଣବ ଯୁଗରୁ ଚଳି ଆସିଛି। ତେବେ ଏହି ରଥ ପ୍ରକୃତରେ ଅଶୋକଙ୍କ ସମୟରୁ ହିଁ ଆରମ୍ଭ ହୋଇଛି। ଲିଙ୍ଗରାଜ ମନ୍ଦିର ଠାରୁ ରଥ ଯେଉଁ ପର୍ଯ୍ୟନ୍ତ ଆସେ ସେ ସ୍ଥାନଟିର ନାମ ବିଜୟ ପଡ଼ିଆ। ସମସ୍ତଙ୍କ ଧାରଣା ତ୍ରିପୁରାସୁରକୁ ବଧ କରି ଶିବ ରଥାରୋହଣ କରିଥିବା ହେତୁ ଏହି ରଥରେ ଶିବ ବିଜୟ କରନ୍ତି ଏବଂ ସେହି ରଥର ସାରଥୀ ବ୍ରହ୍ମା ହୋଇଥିବାରୁ ରୁକୁଣା ରଥର ସାରଥୀ ବ୍ରହ୍ମା କୁହାଯାଏ। ଅଶୋକ ବର୍ତ୍ତମାନର ଓଡ଼ିଆ ତଥା ତତ୍କାଳୀନ କଳିଙ୍ଗ ଜୟ କରିବାକୁ ଆସି ଯାହା କରିଥିଲେ ତାହା ଅଶୋକଙ୍କ ତ୍ରୟୋଦଶ ଶିଳାନୁଶାସନରୁ ଜଣାପଡ଼େ। ସେ ଚଣ୍ଡାଶୋକରୁ ତାଙ୍କ ହୃଦୟ ବିଚଳିତ ହୋଇ ଧର୍ମାଶୋକରେ ପରିଣତ ହୋଇଥିଲା। ଭାରତୀୟ ସଂସ୍କୃତିରେ ଚୈତ୍ରମାସ ଈଶ୍ୱର ଉପାସନା ନିମିତ୍ତ ପ୍ରସିଦ୍ଧ ଲାଭ କରିଆସିଛି। ବୈଦିକ ଯୁଗରେ ଅଶ୍ୱମେଧ ଯଜ୍ଞାନୁଷ୍ଠାନ ଚୈତ୍ରମାସର ଚିତ୍ରା ନକ୍ଷତ୍ରେ ଅନୁଷ୍ଠିତ ହେଉଥିଲା। ସେହିପରି ରୁକୁଣା ରଥର ଦିଅଁମାନେ ରଥରୁ ଓହ୍ଲାଇ ଯେଉଁ ମନ୍ଦିରରେ ରହନ୍ତି ତାହା ରାମେଶ୍ୱର ମନ୍ଦିର ନାମରେ ପ୍ରସିଦ୍ଧ। ରାମେଶ୍ୱର ମନ୍ଦିରର କେତେ ଗଜ ପୂର୍ବ ଦକ୍ଷିଣକୁ ଲକ୍ଷ୍ମଣେଶ୍ୱର, ଭରତେଶ୍ୱର ଓ ଶତ୍ରୁଘ୍ନେଶ୍ୱର ମନ୍ଦିର। ଓଡ଼ିଶାର ବିଭିନ୍ନ ରଥଯାତ୍ରା ଭିତରେ ଭୁବନେଶ୍ୱରର ଅଶୋକାଷ୍ଟମୀ ରଥଯାତ୍ରା ବେଶ୍ ପ୍ରସିଦ୍ଧ। କୁହାଯାଏ ପୁରୀର ବଡ଼ ଠାକୁରଙ୍କ ରଥଯାତ୍ରା, କେନ୍ଦ୍ରାପଡ଼ାର ବଳଦେବଜୀଉଙ୍କ ରଥଯାତ୍ରା ପରେ ଭୁବନେଶ୍ୱରର ଏହି ରୁକୁଣା ରଥର ଯାତ୍ରା ଅତ୍ୟନ୍ତ ଆଡ଼ମ୍ବର ଓ ଦର୍ଶନୀୟ। ସମ୍ପ୍ରତି ମନ୍ଦିର ପରିଚାଳନା ବୋର୍ଡ଼ ବିଭିନ୍ନ ସମୟ ନିର୍ଘ  ଭିତରେ ଲୋକାଭିମୁଖୀ କାର୍ଯ୍ୟକ୍ରମ ହାତକୁ ନେଇ ପ୍ରଶଂସିତ ହେଉଛନ୍ତି। ଅଶୋକାଷ୍ଟମୀ ଦିନ କେବଳ ଭୁବନେଶ୍ୱରକୁ ଛାଡ଼ିଦେଲେ ରାଜ୍ୟର ଅନ୍ୟ କୌଣସି ସ୍ଥାନରେ ଶିବଙ୍କର ଉତ୍ସବ ହୁଏନାହିଁ। ଏବଂ ଏହି ଦିନ ତ୍ରିପୁରାଶୁର ମଧ୍ୟ ବଧ ହୋଇନଥିଲା। ତାହା ହୋଇଥିଲେ ସର୍ବତ୍ର ଶିବ ବା ମହାଦେବଙ୍କ ପୀଠରେ ଏ ଉତ୍ସବ ପାଳିତ ହୋଇଥାନ୍ତା। ସେହିପରି କୌତୁହଳପୂର୍ଣ୍ଣ କଥା ହେଉଛି ରଥର ନାମ ରୁକୁଣା ରଥ ହୋଇଥିବାରୁ ଶ୍ରୀକୃଷ୍ଣ ରୁକ୍ମିଣୀଙ୍କୁ ରଥରେ ବସାଇ ପଳାଇ ଆସିଥିବା କଥା ସ୍ୱତଃ ମନରେ ଆସିପାରେ। ମାତ୍ର ଏଠାରେ ଏଇ ପ୍ରଶ୍ନ ଅବାନ୍ତର। କାରଣ ରୁକ୍ମିଣୀ ଶିଶୁପାଳଙ୍କୁ ବିବାହ କରିବାର ସ୍ଥିର ହୋଇଥିଲା। ଐତିହାସିକଙ୍କ ତଥ୍ୟ ଅନୁଯାୟୀ ଭୁବନେଶ୍ୱର ଶିଶୁପାଳର ନିଜ ଭୂମି। ଶିଶୁପାଳ ପକ୍ଷରେ ଏହା ଅସମ୍ମାନ ସୂଚକ ଅବସ୍ଥା। ତାହାରି ରାଜଧାନୀରେ ଏଭଳି ଅସମ୍ମାନ ସୂଚକ ବ୍ୟବସ୍ଥା କିଏ କରିବ ? କେହି କେହି ଐତିହାସିକ କୁହନ୍ତି ଯେ ଏହି ଯାତ୍ରା ସମ୍ରାଟ ଅଶୋକଙ୍କ ବିଜୟ ଚିହ୍ନ କଳିଙ୍ଗ ସ୍ୱରୂପ ସେ ଯେଉଁ ବିଜୟ ରଥଯାତ୍ରା ପ୍ରବର୍ତ୍ତନ କରିଯାଇଥିଲେ ତାହା ହିଁ ବର୍ତ୍ତମାନର ରୁକୁଣା ରଥ।

*ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ*
*ଅଶୋଭନୀୟତା ନିରୋଧ*
*ଆନ୍ଦୋଳନ, କଟକ,*
*ଦୂରଭାଷ : ୯୯୩୭୧୭୨୮୧୦*

# ଭାଇରାଲ ହେପାଟାଇଟିସ ଓ ଯକୃତ


ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

ପ୍ରତିବର୍ଷ ଅପ୍ରେଲ ୧୯ ତାରିଖରେ ପାଳିତ ହୁଏ ବିଶ୍ୱ ଯକୃତ ଦିବସ। ପ୍ରତିବର୍ଷ ପରି ଚଳିତ ବର୍ଷ ବାର୍ତ୍ତା ରହିଛି 'ସଜାଗ ରୁହନ୍ତୁ, ନିୟମିତ ଯକୃତ ଯାଞ୍ଚ କରନ୍ତୁ ଏବଂ ଫ୍ୟାଟି ଲିଭର ରୋଗରୁ ରକ୍ଷା କରନ୍ତୁ।' ଯକୃତ ବା ଲିଭର ଶରୀରର ସବୁଠାରୁ ବଡ଼ ଗ୍ରନ୍ଥି। ଏହା ପାଚନରେ ସହାୟକ ଏକାଧିକ ପ୍ରକାରର ରସ ସୃଷ୍ଟିକରେ ଏବଂ ଶରୀରକୁ ବିଷମୁକ୍ତ ବା ଡିଟକ୍ସିଫିକେସନ୍ କରିଥାଏ। ଏବେ ଯକୃତ ସହିତ ସମ୍ପୃକ୍ତ ରୋଗ ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଅତ୍ୟଧିକ ମଦ୍ୟପାନ ଏବଂ ବିଶୃଙ୍ଖଳିତ ଜୀବନଶୈଳୀ ଏହାର କାରଣ। ଯକୃତ ଖରାପ ହୋଇଗଲେ ପ୍ରତିରୋପଣ ବ୍ୟତୀତ ଅନ୍ୟ ଉପାୟ ନାହିଁ। ତେବେ ଯକୃତ ଅସୁସ୍ଥ ହେବାର ବହୁ କାରଣ ରହିଛି।

ଭାଇରାଲ ହେପାଟାଇଟିସ୍ : ଏହା ଏ, ବି, ସି, ଡି ଏବଂ ଇ - ପାଞ୍ଚ ପ୍ରକାରର। ଏ ଏବଂ ଇ ଦୂଷିତ ପାଣି ତଥା ଖାଦ୍ୟ ଯୋଗୁ ହେଉଥିବା ବେଳେ ଏହାକୁ ସାଧାରଣ ଭାଷାରେ ଜଣ୍ଡିସ୍ ବା ହଳଦିଆ କାମଳ ବୋଲି କୁହାଯାଏ। ଏହାର ଲକ୍ଷଣ ପ୍ରାୟ ୨ରୁ ୪ ସପ୍ତାହ ଜାରି ରହେ। ରୋଗୀଙ୍କୁ ବାନ୍ତି ଏବଂ ଜ୍ୱର ହୁଏ। ତେବେ ସ୍ପଷ୍ଟ ଲକ୍ଷଣ ଜଣାପଡ଼ିବା ପରେ ରୋଗୀ ତୁରନ୍ତ ଚିକିତ୍ସା ପାଇଁ ପହଞ୍ଚିଥାନ୍ତି। ତେଣୁ ଯକୃତ ଖରାପ ହେବା ଘଟଣା କମ୍ ହୋଇଥାଏ। ଯକୃତ ଖରାପ ହେବାର ଅଳ୍ପଦିନ ପୂର୍ବରୁ ରୋଗୀର ମାନସିକ ସ୍ଥିତି ବିଗିଡ଼ିବାରେ ଲାଗେ। ବି ଏବଂ ସି ଭାଇରାଲ ଇନ୍‌ଫେକ୍‌ସନ ଯୋଗୁଁ ହୋଇଥାଏ। ସଂକ୍ରମଣର ପ୍ରାୟ ଦେଢ଼ରୁ ଦୁଇମାସ ପରେ ଏହାର ଲକ୍ଷଣ ପ୍ରକାଶ ପାଏ। ଯେଉଁ କ୍ଷେତ୍ରରେ ଛଅମାସ ମଧ୍ୟରେ ଲକ୍ଷର ପ୍ରକାଶ ପାଏ ତାକୁ ଆକ୍ୟୁଟ୍ ବୋଲି କହିଥାନ୍ତି ଏବଂ ଏଥିରେ ଯକୃତକୁ ରକ୍ଷା କରାଯାଇପାରେ। ତେବେ ଲକ୍ଷଣ ପ୍ରକାଶ ପାଇବା ଛ'ମାସରୁ ଅଧିକ ହୋଇଗଲେ ଏହା କ୍ରୋନିକ୍ ହୋଇଯାଏ ଏବଂ ରୋଗୀ ପୁରା ସୁସ୍ଥ ହେବାର ଆଶା କ୍ଷୀଣ ରହେ। ଯେଉଁମାନଙ୍କୁ ପିଲାଦିନରୁ ଏହି ଇନ୍‌ଫେକ୍‌ସନ ହୋଇଥାଏ ସେମାନେ ବଡ଼ ହେବା ପରେ ସାଧାରଣତଃ କ୍ରୋନିକ୍ ହେପାଟାଇଟିସ୍‌ରେ ପୀଡ଼ିତ ହୁଅନ୍ତି। ଉଭୟ ଭାଇରସ୍ ଯକୃତ ଉପରେ କୁପ୍ରଭାବ ପକାଇଥାଏ। ଏହାର ଯେଉଁ ଲକ୍ଷଣ ପ୍ରକାଶ ପାଏ, ସେଗୁଡ଼ିକ ମୁଖ୍ୟତଃ ହେଲା ଭୋକ ନହେବା, ଓଜନ କମିବା, ଜଣ୍ଡିସ୍, ଜ୍ୱର, ଦୁର୍ବଳ ଲାଗିବା, ବାନ୍ତି, ପେଟରେ ପାଣି ଜମିଯିବା, ରକ୍ତବାନ୍ତି ହେବା, ଦେହର ରଙ୍ଗ କଳା ପଡ଼ିଯିବା, ପରିସ୍ରା ଗାଢ଼ ରଙ୍ଗର ହେବା ଇତ୍ୟାଦି। ଏହା ଯକୃତକୁ ଟାଣ କରି ସଙ୍କୁଚିତ କରିଦିଏ। ଠିକ୍ ସମୟରେ ଚିକିତ୍ସା ସେବା ନପାଇଲେ ଧୀରେ ଧୀରେ ଲିଭର ଟ୍ୟୁମରରେ ପରିବର୍ତ୍ତିତ ହୋଇଯାଏ।

ମୁଖ୍ୟତଃ ଆଲ୍‌କୋହଲ ସଂକ୍ରମିତ ଛୁଞ୍ଚି, ରକ୍ତ ସର୍ଜରୀ ଉପକରଣ ତଥା ଅସୁରକ୍ଷିତ ଶାରୀରିକ ସମ୍ପର୍କ ଯୋଗୁଁ ଏବଂ ସଂକ୍ରମିତ ମା'ଠାରୁ ଶିଶୁକୁ ଏହି ରୋଗ ହୋଇଥାଏ। ଜଣ୍ଡିସ୍ ତଥା ଡେଙ୍ଗୁ ମଧ୍ୟ ବହୁବାର ହେପାଟାଇଟିସ୍‌ର କାରଣ ହୋଇଥାଏ। ଏହା ବ୍ୟତୀତ ଟିବି, ଅପସ୍ମାରର ଔଷଧ, ଆୟୁର୍ବେଦିକ ତଥା ହର୍ବାଲ ଔଷଧରୁ ମଧ୍ୟ ଏହି ରୋଗ ହୋଇପାରେ। ଅତ୍ୟଧିକ ମଦ୍ୟପାନ ଦ୍ୱାରା ଯକୃତ କ୍ଷତିଗ୍ରସ୍ତ ହୋଇଥାଏ। ଏଥିରେ ଫାଇବ୍ରୋସିସ୍ ଦେଖାଯାଏ ଏବଂ ଯକୃତ ସଙ୍କୁଚିତ ହେବାକୁ ଲାଗେ ଯେଉଁଥିରେ ଛୋଟ-ବଡ଼ ଗଣ୍ଠି ମଧ୍ୟ ପଡ଼ିଯାଏ। ଏହା ଲିଭର ସିରୋସିସ୍। ପ୍ରତିଦିନ ମଦ୍ୟପାନ କରୁଥିବା ବ୍ୟକ୍ତିଙ୍କର ଯକୃତ କୋଷ କ୍ଷତିଗ୍ରସ୍ତ ହୋଇଥାଏ। ଏହାର ଚିକିତ୍ସା ସମ୍ଭବ ଥିଲେ ବି ପରେ ମଦ ଅଭ୍ୟାସ ନ ଛାଡ଼ିଲେ ଚିକିତ୍ସା ଆଉ ସମ୍ଭବ ହୁଏନାହିଁ। ଅଧିକ ତୈଳୀୟ ଖାଦ୍ୟ ଖାଉଥିବା ତଥା ଏକ୍ସରସାଇଜ୍ କରୁନଥିବା ବ୍ୟକ୍ତିଙ୍କର ଫ୍ୟାଟି ଲିଭର ଆଶଙ୍କା ଅଧିକ। ଏହି ଘଟଣା ପାଇଁ ମୋଟାପା ୭୦ ପ୍ରତିଶତ ଦାୟୀ। ତେବେ ଏହାର ଆଉ କେତେକ କାରଣ ବି ଦେଖାଗଲାଣି। ଅନ୍ତନଳୀର ବ୍ୟାକ୍ଟେରିଆ ବି ଫ୍ୟାଟି ଲିଭରର କାରଣ ହୋଇଥାନ୍ତି। ଏହା ପତଳା ଲୋକଙ୍କ ଠାରେ ମଧ୍ୟ ହୋଇପାରେ। ଅଧିକ ଚର୍ବି ଯୋଗୁ ଯକୃତ ସଂଙ୍କୁଚିତ ହୋଇଯାଏ ଏବଂ ଠିକ୍ ସମୟରେ ଚିକିତ୍ସା ନମିଳିଲେ ସିରୋସିସ୍‌ର ଆଶଙ୍କା ଦେଖାଯାଏ। ଯକୃତର ଆଉ ଏକ ସମସ୍ୟା ପ୍ରାୟତଃ ମହିଳାଙ୍କ ଠାରେ ଦେଖାଯାଏ। ଶରୀରର କୋଷଗୁଡ଼ିକ ଯକୃତ ବିରୋଧରେ କାମ କଲେ ଯକୃତ ଖରାପ ହୋଇଯାଏ। ଏହା ଖୁବ୍ କମ୍ ପରିମାଣରେ ଦେଖାଯାଏ। ଯକୃତ ଖରାପ ହେବାର ଲକ୍ଷଣ ଡେରିରେ ଜଣାପଡ଼େ। ୬୦-୮୦ ପ୍ରତିଶତ ଯକୃତର କୋଷ କ୍ଷତିଗ୍ରସ୍ତ ହେବା ପରେ ହିଁ ଲକ୍ଷଣ ପ୍ରକାଶ ପାଇଥାଏ। ତେଣୁ ଯକୃତ ପରୀକ୍ଷା କରାଇ ନେବା ଜରୁରୀ। ଏହା ଯକୃତର କ୍ଷମତା ଜଣାଇଥାଏ। ଫ୍ୟାଟି ଲିଭର ପାଇଁ ଅଲ୍‌ଟ୍ରାସାଉଣ୍ଡ ଓ ଫାଇବ୍ରୋସ୍କାନ ପରୀକ୍ଷା କରିପାରିବେ। ରକ୍ତ ପରୀକ୍ଷାରୁ ଯକୃତ ବାବଦରେ ଜଣାନପଡ଼ିଲେ ବିଶେଷଜ୍ଞ ବାୟୋପ୍‌ସିର ପରାମର୍ଶ ଦେଇଥାନ୍ତି। ଏଥିରେ ଯକୃତର କିଛି ଅଂଶ ଲାବୋରେଟୋରୀ ପଠାଯାଇ ପରୀକ୍ଷା କରାଯାଏ। ତେବେ ଯକୃତକୁ ସୁସ୍ଥ ରଖିବା ଲାଗି ସ୍ୱଚ୍ଛ ପାଣି ପିଅନ୍ତୁ, ଦୂଷିତ ଖାଦ୍ୟରୁ ଦୂରେଇ ରହନ୍ତୁ, ବ୍ୟାୟାମ କରନ୍ତୁ, ସୁରକ୍ଷିତ ଶାରୀରିକ ସମ୍ପର୍କ ରଖନ୍ତୁ, ୪୦ ବର୍ଷ ବୟସରେ ପରେ ଯକୃତ ପରୀକ୍ଷା କରାଇ ନିଅନ୍ତୁ ଏବଂ ସବୁଠାରୁ ବଡ଼ କଥା ମଦ୍ୟପାନ ଓ ଧୂମପାନରୁ ବିରତ ରୁହନ୍ତୁ। ହେପାଟାଇଟିସ୍ ବି ଟୀକା ନେଇ ହେପାଟାଇଟିସ୍ ବି, ଲିଭର ସିରୋସିସ୍ ଓ ଲିଭର୍ କ୍ୟାନସରରୁ ମୁକ୍ତି ପାଆନ୍ତୁ। ଶାଗ, ସବୁଜ ପନିପରିବା, ସେଓ, ଅଙ୍ଗୁର, ଗାଜର, ବିଟ୍, ରସୁଣ, ଅଲିଭ ଅଏଲ, ଲେମ୍ବୁ ସରବର, ଗ୍ରୀନ୍ ଟି', ଫୁଲକୋବି, ବନ୍ଧାକୋବି, ହଳଦୀ ଇତ୍ୟାଦି ଖାଦ୍ୟ ଲିଭରକୁ ସୁସ୍ଥ ରଖିବାରେ ସାହାଯ୍ୟ କରେ। ଶରୀରର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଓ ସମ୍ବେଦନଶୀଳ କୁହାଯାଉଥିବା ଯକୃତର ଯତ୍‌ପରନାସ୍ତି ସୁରକ୍ଷା ପାଇଁ ଆଜିର ଦିନରେ ଶପଥ ନିଅନ୍ତୁ। ଦେଖିବେ ଆପଣ ଏକ ଦିବ୍ୟ ଜୀବନ ଅତିବାହିତ ପାଇଁ ମାର୍ଗ ପାଇପାରିବେ।

*ପ୍ରଫେସର, ହେପାଟୋଲୋଜି ବିଭାଗ,*
*ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ*
*କଲେଜ, କଟକ,*
*ଦୂରଭାଷ : ୯୪୩୭୦୫୧୯୫୭*




# ପାରମ୍ପରିକ ଲୋକନୃତ୍ୟ ଚୈତ ଘୋଡ଼ା ନାଚ

**କିଶୋର ଚନ୍ଦ୍ର ବେହେରା**

ମାନବ ସଭ୍ୟତା ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟା କ୍ଷେତ୍ରରେ ଉନ୍ନତମାନର ଶୀର୍ଷରେ ପହଞ୍ଚିଲେ ମଧ୍ୟ ପ୍ରଚଳିତ ପ୍ରଥା ଓ ପରମ୍ପରା କିମ୍ବା ପୌରାଣିକ କିମ୍ବଦନ୍ତୀକୁ ବର୍ତ୍ତମାନ ସୁଦ୍ଧା ଭୁଲିପାରି ନାହାନ୍ତି। ସାଧାରଣ ମଣିଷଟିଏ ପାରମ୍ପରିକ ପ୍ରଥା ଓ ପରମ୍ପରାକୁ ପାଳନ କରି ନିଜେ ଆନନ୍ଦ ଓ ଖୁସି ଅନୁଭବ କରିବା ସହ ନିଜ ପରିବାର, ଆତ୍ମୀୟ ସୋଦର, ବନ୍ଧୁବାନ୍ଧବ ସାହି ପଡିଶାଙ୍କ ମଧ୍ୟରେ ଧର୍ମୀୟ ଆତ୍ମ ବିଶ୍ୱାସ ଜାଗ୍ରତ କରି ପାରିଥାଏ। ଉତ୍କଳୀୟ ପରମ୍ପରା ବାରମାସରେ ତେର ଯାତ୍ରା ନିଳାଦ୍ରୀ ମହୋଦୟାଷ୍ଟମୀ ଠାରୁ ଆରମ୍ଭ ହୋଇ ଅକ୍ଷୟ ତୃତୀୟା ମଧ୍ୟରେ ଶେଷ ହୋଇଥାଏ । ଏହି କଥାବସ୍ତୁ ଅନୁଯାୟୀ ବିଭିନ୍ନ ଓଷାବ୍ରତ ଓ ପର୍ବପର୍ବାଣୀ ଉଭୟ ପୁରୁଷ ଏବଂ ମହିଳାମାନେ ପାଳନ କରୁଥିଲେ ମଧ୍ୟ ପୁରୁଷ ମାନଙ୍କ ଅପେକ୍ଷା ନାରୀ ମାନଙ୍କ ଆତ୍ମବିଶ୍ୱାସ ଢେର ଅଧିକ ଓ ସୁଦୃଢ଼। ବିଶେଷ କରି ଦୈବୀ ଶକ୍ତିଙ୍କୁ ଆରାଧନା ନିମନ୍ତେ ଆଶ୍ୱିନ ଓ ଚୈତ୍ର ମାସରରେ ନବରାତ୍ର ପାଳନ କରାଯାଇଥାଏ। ଓଡ଼ିଆ ପଞ୍ଜିକାରେ ଚୈତ୍ର ମାସଟି ବର୍ଷର ଶେଷ ମାସ । ଏହି ମାସଟି ପର୍ବପର୍ବାଣୀରେ ଭରପୁର । ବିଶେଷକରି ବାସନ୍ତୀକା ଦୁର୍ଗୋତ୍ସବ, ମଙ୍ଗଳା ଓଷା, ହିଙ୍ଗୁଳା ଯାତ୍ରା, ଝାମୁ ଯାତ୍ରା, ପନ୍ଥେଇ ପୂଜା, ଅଶୋକାଷ୍ଟମୀ, ରାମନବମୀ, ମହାବିଷୁବ ସଂକ୍ରାନ୍ତି ଏବଂ ସର୍ବୋପରି ଚୈତି ପର୍ବ ଅର୍ଥାତ୍ ଚୈତ୍ର ପୂର୍ଣ୍ଣମାର ପର୍ବ ଗୁଡିକ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ । ପୌରାଣିକ କିମ୍ବଦନ୍ତୀକୁ ଆଧାରକରି ଚୈତ୍ର ପୂର୍ଣ୍ଣମା ବାସେଳି ଠାକୁରାଣୀଙ୍କର ଜନ୍ମଦିବସ ।ଚୈତ୍ର ପୂର୍ଣ୍ଣମା ଉପକୂଳ ଅଂଚଳର କୈବର୍ତ୍ତ ସଂପ୍ରଦାୟମାନଙ୍କର କୂଳ ଦେବୀଙ୍କର ଏକ ପ୍ରଧାନ ପୂଜା । କୈବର୍ତ୍ତମାନଙ୍କର ଇଷ୍ଟଦେବୀ ବାସେଳି ଠାକୁରାଣୀ । ସେମାନେ ଚୈତ୍ର ପୂର୍ଣ୍ଣମା ଦିନ ଏହି ଇଷ୍ଟଦେବୀଙ୍କୁ ଜାକଜମକରେ ପାଳନ କରନ୍ତି । ଏହି ଦିନ ଠାରୁ ଅଶ୍ୱମୁଖୀ ବାସେଳିଙ୍କୁ ବୈଶାଖ ମାସର କୃଷ୍ଣ ପକ୍ଷରୁ ପ୍ରାୟ ଆଠଦିନ ଧରି ପୂଜା କରିଥାନ୍ତି । ଏହାକୁ କେନ୍ଦ୍ର କରି ଚୈତି ପର୍ବର ନାଚ ପ୍ରାୟ ଏକ ମାସ ପର୍ଯ୍ୟନ୍ତ ଚାଲୁ ରହେ । କୈବର୍ତ୍ତ ସଂପ୍ରଦାୟକୁ ଉପକୂଳବର୍ତ୍ତୀ କେତେକ ଅଞ୍ଚଳରେ କେଉଟ ନାମରେ ଅଭିହିତ କରିଅଛନ୍ତି। ଏହି କେଉଟମାନେ ଦୁଇଭାଗରେ ବିଭକ୍ତ ଯଥା- ମାଛମରା କେଉଟ ଏବଂ ଚୂଡାକୁଟା କେଉଟ । ମାଛମରା କେଉଟମାନେ ବିଶେଷକରି ଉପକୂଳବର୍ତ୍ତୀ ଅଞ୍ଚଳରେ ସମୁଦ୍ର, ହ୍ରଦ ବା ନଈକୂଳରେ ବସବାସ କରୁଥିବା ବେଳେ ଚୂଡାକୁଟା କେଉଟମାନେ ଓଡିଶାର ବିଭିନ୍ନ ଅଂଚଳରେ ବିଚ୍ଛିନ୍ନ ଭାବରେ ବାସ କରନ୍ତି । ମାଛମରା କୈବର୍ତ୍ତ ବା କେଉଟମାନେ ବାସେଳି ଏବଂ ନାଆକୁ ପୂଜା କଲାବେଳେ ଚୂଡାକୁଟା କେଉଟମାନେ ଢିଙ୍କିକୁ ପୂଜା କରନ୍ତି । ଏହି ବାସେଳି ପୂଜା ତ୍ରେତୟାରେ ରାମଚନ୍ଦ୍ରଙ୍କ ବନବାସ ସମୟରେ ରାମାୟଣର ଅରଣ୍ୟ କାଣ୍ଡରେ ରାମଚନ୍ଦ୍ରଙ୍କୁ ନାଆରେ ଅଜ୍ଞାନ ଅଥଚ ବିଜ୍ଞାନୀ କେଉଟ ନଈ ପାରିକରିଦେବା କାହାଣୀକୁ ଏହି ବାସେଳି ପୂଜାର ଅୟମାରମ୍ଭ ବୋଲି ପୁରାଣରେ ବର୍ଣ୍ଣିତ ହୋଇଅଛି। ସେଦିନ କୈବର୍ତ୍ତ ରାମଚନ୍ଦ୍ରଙ୍କୁ ନଦୀପାର କରିଥିବା ହେତୁ ରାମଚନ୍ଦ୍ର ଖୁସିରେ କୈବର୍ତ୍ତଙ୍କୁ ବାସେଳି ନାମକ ଗୋଟିଏ ଘୋଡା ଉପହାର ଦେଇଥିଲେ । ସେବେଠୁ ଏହି ବାସେଳିଙ୍କ ପୂଜା ଚାଲେ । ପୂର୍ଣ୍ଣମା ଦିନ କୈବର୍ତ୍ତମାନେ ଘର ଦ୍ୱାର ଲିପାପୋଛା କରି ଚିତା ଲେଖନ୍ତି ଏବଂ ବନ୍ଧୁବାନ୍ଧବଙ୍କୁ ନିମନ୍ତ୍ରଣ କରି ସେମାନଙ୍କୁ ନୂଆ ଲୁଗା ଭେଟି ଦିଅନ୍ତି। ବୋଇତରେ ଫୁଲ, ଚନ୍ଦନ ଓ ସିନ୍ଦୁର ଲଗାଇ ଧୂପ, ଦୀପ ଦିଆଯାଏ। ଏହା ସହିତ ଛେନା, ଗୁଡ଼, ନଡ଼ିଆ, କଦଳୀ ଓ ଦୁଧ, ଦହି ଆଦି ଭୋଗ କରାଯାଏ । ଏହିପରି ଭାବେ ପୂଜା କରି କୈବର୍ତ୍ତମାନେ ଚୈତ୍ର ପୂର୍ଣ୍ଣମା ଉତ୍ସବ ପାଳନ କରି ଆସୁଛନ୍ତି। ଏହି ପୂଜା କଲେ ଧନଧାନ୍ୟ ପ୍ରାପ୍ତି ହୁଏ ବୋଲି କୈବର୍ତ୍ତମାନଙ୍କର ବିଶ୍ୱାସ ରହିଛି । ଚୂଡାକୁଟା କେଉଟମାନଙ୍କର ଆରାଧ୍ୟ ଦେବୀଙ୍କୁ କୁହାଯାଏ ଆଶିନୀ ବାସେଳି । ଯାହାକୁ ସେମାନେ ଢିଙ୍କି ରୂପେ ପୂଜା କରନ୍ତି । ମୋଟ ଉପରେ କୈବର୍ତ୍ତମାନେ ବାସେଳି, ନାଆ ଓ ଢିଙ୍କିକୁ ପୂଜା କରନ୍ତି । ଅଶ୍ୱ ହେଉଛି ବାସେଳିଙ୍କର ସଙ୍କେତ, ଡଙ୍ଗା ବା ନାଆ ହେଉଛି ବିଶ୍ୱକର୍ମାଙ୍କ ସଙ୍କେତ ଓ ଢିଙ୍କି ହେଉଛି ମହାଲକ୍ଷ୍ମୀଙ୍କ ସଙ୍କେତ । ଏହି ପର୍ବରେ ସାଧାରଣତଃ ପରିବାରର ସମସ୍ତେ ନୂଆ ବସ୍ତ୍ର ପରିଧାନ କରନ୍ତି ଏବଂ ଆରାଧ୍ୟ ଦେବଦେବୀମାନଙ୍କୁ ପୂଜା କରନ୍ତି । ଘରେ ସୁମିଷ୍ଟ ଖାଦ୍ୟପେୟ ପ୍ରସ୍ତୁତ ହେବା ସହ ସମସ୍ତ ବନ୍ଧୁ ବାନ୍ଧବ ଉପସ୍ଥିତ ରହି ଖୁସିମନାଇଥାନ୍ତି । ଏହି ପର୍ବ ମାଧ୍ୟମରେ ପରସ୍ପର ମଧ୍ୟରେ ଭାଇଚାରା ସୃଷ୍ଟି ହେବା ସହ ବାହାରେ ରହୁଥିବା ପରିବାରର ଅନ୍ୟ ସଦସ୍ୟମାନେ ଉକ୍ତ ଦିନରେ ଉପସ୍ଥିତ ରହି ଆନନ୍ଦ ଲାଭ କରିଥାନ୍ତି। କୈବର୍ତ୍ତ ସଂପ୍ରଦାୟ ବାସେଳି ପୂଜାର୍ଚ୍ଚନା ସହ 'ଚୈତି ଘୋଡ଼ା ନାଚ' ଓଡ଼ିଶାର ଏକ ଅନନ୍ୟ ପାରମ୍ପରିକ ଲୋକନୃତ୍ୟ । ଓଡ଼ିଶାର ପୂର୍ବ ଉପକୂଳସ୍ଥ କଟକ, ପୁରୀ ଓ ବାଲେଶ୍ୱର ଜିଲ୍ଲାରେ କୈବର୍ତ୍ତମାନେ ଚୈତି ଘୋଡ଼ା କରନ୍ତି ଏବଂ ବିଭିନ୍ନ ସ୍ଥାନରେ ଏହି ଘୋଡ଼ାମାନଙ୍କୁ ଏକତ୍ର କରି ଚୈତି ପୂର୍ଣ୍ଣମା ଠାରୁ ଆଠ ଦିନ ବ୍ୟାପୀ ଘୋଡ଼ା ମେଲଣ କରାଯାଏ। ଏହା ମୁଖ୍ୟତଃ ଓଡ଼ିଶାର ଉପକୂଳ ଅଞ୍ଚଳରେ କେଉଟମାନଙ୍କ ଦ୍ୱାରା ଆରମ୍ଭ ହୋଇ ସେହି ଅଞ୍ଚଳମାନଙ୍କରେ ଚୈତ୍ର ମାସ ପୂର୍ଣ୍ଣମା ତିଥିରେ ପରିବେଷିତ ହୋଇଥାଏ । କେଉଟମାନେ ବାଉଁଶ ବତାରେ ଘୋଡ଼ାର ପାଦହୀନ ଦେହ ଓ ବେକ ଆକାରର ଗୋଟିଏ ଥାଟ ତିଆରି କରି ତା ଉପରେ ଲୁଗା ଆଦି ଘୋଡ଼ାନ୍ତି ଓ ବେକ ଉପରେ ଘୋଡ଼ାମୁହଁ ପରି ଚିତ୍ରିତ ମୁଖାଟିଏ ଲଗାନ୍ତି ଉକ୍ତ ଚୈତିଘୋଡ଼ାର ପିଠିରେ ଗୋଟିଏ କଣା ଥାଏ ସେହି କଣାବାଟେ ମନୁଷ୍ୟ ଅଣ୍ଟା ପର୍ଯ୍ୟନ୍ତ ପଶି କରି ଭୂମିରେ ଠିଆହୁଏ ଓ ଘୋଡ଼ାରୂପର ଆଗରୁ ଓ ପଛରୁ ଡ଼?ରି ଲଟକା ଯାଏ ମନୁଷ୍ୟର ଅଣ୍ଟାଠାରୁ ନିମ୍ନ ଅଂଶ ଘୋଡ଼ା ଭିତରେ ଲୁଚି ଥାଏ ଓ ଅଣ୍ଟା ଠାରୁ ଉପର ଅଂଶ ଘୋଡ଼ା ଭିତରେ ବସିବା ପରି ଅନୁଭୂତ ହୁଏ । ଏ ବ୍ୟକ୍ତି ନାଚିବା ସଙ୍ଗେ ସଙ୍ଗେ ଘୋଡ଼ା ମଧ୍ୟ ନାଚେ ଘୋଡ଼ାର ମୁହଁଆଡ଼େ ଲଗାମପରି କନାଡ଼େରି ବନ୍ଧା ହୋଇଥାଏ ଉକ୍ତ ଡ଼େରିକୁ ନାଚିବାବାଲା ଧରି ଘୋଡ଼ାର ଲଗାମ ଧରିବାର ଅଭିନୟ କରେ କେଉଟମାନେ ଏହି ପର୍ବ ଉପଲକ୍ଷରେ ଚଢେଇବା ଓ ଚଢ଼ଉଣୀ ବେଶ ହୋଇ ନାଚନ୍ତି ଓ ଗୀତ ବୋଲନ୍ତି । ସାଧାରଣତଃ ଘୋଡ଼ା ନାଚରେ ଦଶଜଣ କଳାକାରଙ୍କ ଆବଶ୍ୟକତା ପଡ଼ିଥାଏ। ସେମାନଙ୍କ ମଧ୍ୟରୁ ଜଣେ ଲେଖାଏଁ ଗାୟକ, ପାଳିଆ, ଢୋଲକିଆ, ମହୁରିଆ, ରାଉତ, ରାଉତାଣୀ ଥାଆନ୍ତି । ଗାୟକ ବିଷୟବସ୍ତୁ ଗାଉଥିବା ବେଳେ ପାଳିଆ ପାଳିଧରେ, ଢୋଲକିଆ ବାଜା ବଜାଏ ଓ ରାଉତ ସଜ୍ଜିତ କାଠଘୋଡ଼ା ଚଢ଼ି ରାଉତାଣୀ ସହ ନୃତ୍ୟ କରୁଥାଏ । ମା' ବାସେଳିଙ୍କ ବନ୍ଦନାରୁ ଆରମ୍ଭ ହୁଏ ଘୋଡ଼ାନାଚ, ପରେ ରାଧାକୃଷ୍ଣଙ୍କ ଲୀଳା, ଶିବପାର୍ବତୀଙ୍କ କାହାଣୀକୁ ଗୀତ ଓ ନୃତ୍ୟ ମାଧ୍ୟମରେ ପରିବେଷଣ କରାଯାଏ । ଏଥିପାଇଁ କୌଣସି ନିର୍ଦ୍ଦିଷ୍ଟ ବହି ନଥାଏ । କୈବର୍ତ୍ତ ଗୀତା, କୈବର୍ତ୍ତ ପୁରାଣ ଓ କୈବର୍ତ୍ତ ସଂହିତାରୁ ବିଷୟବସ୍ତୁ ଉଦ୍ଧାର କରି ଗାୟକ ସେଗୁଡ଼ିକୁ ପାରମ୍ପରିକ ସ୍ୱରରେ ପଢ଼ିବା ଭଳି ଶବ୍ଦ ସଂଯୋଜନା କରି ସ୍ୱର ଦେଇଥାନ୍ତି । ରାଜ୍ୟ ମତ୍ସ୍ୟ ସଂପଦ ବିଭାଗ ଓ ସଂସ୍କୃତି ବିଭାଗ ମିଳିତ ଉଦ୍ୟମରେ ଏକ ପଦକ୍ଷେପ ନିଅନ୍ତି ତେବେ କୈବର୍ତ୍ତ ସଂପ୍ରଦାୟର ଏହି ପାରମ୍ପରିକ ଲୋକନୃତ୍ୟ ପ୍ରଚାର ପ୍ରସାର ସହ କଳାକାର ମାନଙ୍କୁ ପ୍ରୋତ୍ସାହନ ରାଶି ପ୍ରଦାନ କରାଯାଇ ଉପଯୁକ୍ତ ମଞ୍ଚ ତିଆରି କରାଗଲେ ଲୋପ ପାଇବା ପାଇଁ ଯାଉଥିବା ସଂସ୍କୃତି ବଞ୍ଚି ରହିବ।

*ଅଧ୍ୟାପକ ରାଜନୀତି ବିଜ୍ଞାନ ବିଭାଗ*
*ସିଦ୍ଧେଦେବୀ ସ୍ନାତକ ମହାବିଦ୍ୟାଳୟ*
*ନନ୍ଦପୁର, ଜିଲ୍ଲା: କୋରାପୁଟ*
*ମୋ : ୯୪୩୭୯୫୫୫୬୮*

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି। ଏହା ମୋଟ ୯୦ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି। ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ। ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ। ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍‌ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍‌ସ ସାମିଲ ରହିଛି। ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍‌ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ। ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ। ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ। ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି। ଏହି ଅଫରଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି। ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି। ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି। ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି। ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି। ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି। ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି। ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ। ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି। ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ। ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଲବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା। ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା। ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା। ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା। ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍‌୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି। ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି। ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ। ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି। ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି। ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା। ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି। ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି।''

# ଆପାହାତୁ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ।ୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତ୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବାଣ୍ଟିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥାଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଉଠିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ । ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଅଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସ୍ତୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ । ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଚ୍ଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକର୍ତ୍ତା ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପକ୍ଷ ବୁଝାମଣାରେ ନିଷ୍ପତି ନିଆଯିବ ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରିକ ଅଫର ଓ ସୁବିଧା ଘୋଷଣା କରାଯାଇଛି। ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ରଙ୍ଗ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲାପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିମ୍ପସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ। ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି। ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସମ୍ପର୍କ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି। ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଓକ୍ତଙ୍କକ୍ଟପ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର। ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ। ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ। ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି। ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ
ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଇବାକୁ ଆଶା ରଖିଛୁ। ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି।




# ‘ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର...’

ଶ୍ରୀମଦ୍ ଭାଗବତରେ ନିଜ ଜୀବନ୍ତ ଭଗବାନ ସଦୃଶ ନିଜ ପିତାମାତାଙ୍କ ସେବାକର୍ମ ପ୍ରତି ଉଲ୍ଲେଖ ରହି ଲେଖା ହୋଇଛି – ‘ଆଚାର୍ଯ୍ୟ ବ୍ରହ୍ମାର ମୂରତି, ପିତା ପ୍ରତ୍ୟକ୍ଷେ ପ୍ରଜାପତି। ଭ୍ରାତା ଯେ ମୂରତି ଇନ୍ଦ୍ରର, ମାତା ସାକ୍ଷାତ ପୃଥିବୀର। ଅଗ୍ନି ମୂରତି ଅଭ୍ୟାଗତ, ଆତ୍ମାର ମୂର୍ତ୍ତି ସର୍ବଭୂତ। ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର। ଗର୍ଭେ ବହନ୍ତି ଦୁଃଖ ସହି, ପୁଣି ପାଳନ୍ତି କ୍ଷୀର ଦେଇ। ସର୍ବ ସମ୍ପଦ ପୁଣି ଦେଇ, ତାହାଙ୍କ ପୋଷଣେ ଜୀଅଇ। ତାହାଙ୍କ ପ୍ରତି ଉପକାରେ, ଶତ ବରଷେ କେହୁ ପାରେ।’ ଯାହାଙ୍କଠାରୁ ଆମେ ଜନ୍ମ ନେଇଛନ୍ତି, ଯିଏ ଆମର ସୃଷ୍ଟିକର୍ତ୍ତା, ଯାହାଙ୍କ ଆଶୀର୍ବାଦରୁ ଆମେ ଏଡ଼ିକିଟିଏରୁ ଏଡୁଟିଏ ହେଇଛୁ, ଯିଏ ଆମ ପାଇଁ ପ୍ରତ୍ୟକ୍ଷ ଦେବତା; ସିଏ ହେଉଛନ୍ତି ଆମର ପିତାମାତା। ଏଣୁ – ‘ପିତା ନାହିଁ ଯାହାର ସାହା ନାହିଁ ତାର, ପିତା ମାତା ସବୁ କିଛି ପିତାମାତା ପାଦ ଯେ ଜନ ସେବିଛି, ସେହୁଟି ସର୍ବ ଲଭିଛି।’ ବାସ୍ତବରେ ପିତାମାତା ହେଉଛନ୍ତି ଆମର ପ୍ରତ୍ୟକ୍ଷ ଦେବତା। ତାଙ୍କର ବାର୍ଦ୍ଧକ୍ୟ ସମୟରେ ତାଙ୍କୁ ହତାଦର କରିବା ବା ଅବମାନନା କରିବା ଅନୁଚିତ। କେବଳ ଯେ ପିତାମାତା ତାହା ନୁହଁନ୍ତି; ସମସ୍ତ ବୟସ୍କ ଆମର ଅଗ୍ରପୂଜ୍ୟ। ସେମାନଙ୍କୁ କୁହାଯାଏ ଶ୍ରେଷ୍ଠ ମାନବ। ‘ମା’ ଅର୍ଥ ସୃଷ୍ଟି, ‘ନବ’ ଅର୍ଥ ନୂଆ। ଯାହାଙ୍କ ଠାରୁ ଆମେ ନୂଆ ପ୍ରେରଣା ପାଇଥାଉ। ତେଣୁ ସେ ହେଉଛନ୍ତି ଆମର ସବୁକିଛି। ଆଜିର ଭୋଗସର୍ବସ୍ୱ ସମୟର ମୁହୂର୍ତ୍ତରେ ଆମ୍ଭେମାନେ ପ୍ରାୟତଃ ନିଜ ନିଜ ସ୍ୱାର୍ଥକୁ ପ୍ରାଧାନ୍ୟ ଦେଇ ପଛେଇ ଦେଉଛେ ନିଜ ପିତାମାତାଙ୍କ ସେବାଯତ୍ନକୁ। ଯେଉଁମାନଙ୍କ ଇଚ୍ଛା ଓ ସଂକଳ୍ପର ଫଳସ୍ୱରୂପ ଆମ୍ଭେମାନେ ଆଜି ଏ ଦୁନିଆର ଆଲୋକ ଦେଖିବାକୁ ସମର୍ଥ ହୋଇଛୁ, ଏ ସୁନ୍ଦର ଶରୀର ପାଇଛୁ ଆଉ ପ୍ରତିଟି ମୁହୂର୍ତ୍ତରେ ମାନବୀୟ ମୂଲ୍ୟବୋଧକୁ ଅନୁଭବ କରିଛୁ, କିନ୍ତୁ ସେହିମାନଙ୍କ ଅତୁଳନୀୟ ଓ ଅକଳ୍ପନୀୟ ପ୍ରତିଦାନକୁ ଆମେ ପ୍ରତି ମୁହୂର୍ତ୍ତରେ ଭୁଲିଯାଉଛେ ସତେଯେପରି। ନିକଟରେ କେତେକ ଗଣମାଧ୍ୟମରେ ପ୍ରକାଶ ପାଇଥିବା ଖବର କାଗଜର ତଥ୍ୟ ଅନୁଯାୟୀ କେବଳ ଭାରତରେ ନୁହେଁ ଓଡ଼ିଶାର ବିଭିନ୍ନ ସ୍ଥାନରେ ପିତାମାତାଙ୍କ ପ୍ରତି ନିର୍ଯାତନା ଦେଉଥିବାର ହତଭାଗା ପୁଅ ମାନଙ୍କର କୁକୀର୍ତ୍ତିର ଖବର ପୃଷ୍ଠା ମଣ୍ଡନ କରୁଛି ଯାହାକି ନିଶ୍ଚିନ୍ତ ଭାବରେ ଆମମାନଙ୍କ ମାନବିକତାକୁ ଏକ ଧିକ୍କାର୍। ଏହା ସତ୍ତ୍ୱେ ଆମ୍ଭମାନଙ୍କ ପରି ନିଜକୁ ବ୍ରହ୍ମଜ୍ଞାନୀ ବିଚାର କରୁଥିବା ବୁଦ୍ଧିମାନ ବ୍ୟକ୍ତିମାନେ ଯେ କିପରି ନିଜ ସୁଖ ଓ ସ୍ୱାର୍ଥକୁ ଗୁରୁତ୍ୱ ଦେଇ ଆମର ଜୀବନ୍ତ ଈଶ୍ୱରମାନଙ୍କୁ ହତାଦାର କରୁଛେ ତାହା ଆମ ସମାଜର ଆଇନାରେ ସୁସ୍ପଷ୍ଟ।

ଭାରତର ଶାସ୍ତ୍ର ଓ ପୁରାଣରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି ଯେ ଯେଉଁ ପିଲାମାନେ ନିଜ ବାପାମାଆଙ୍କ ସେବା କରିଥାନ୍ତି ସେମାନେ ସ୍ୱର୍ଗସୁଖର ପୁଣ୍ୟ ପାଇଥାନ୍ତି। କିନ୍ତୁ ଆମ୍ଭେମାନେ ତାଙ୍କୁ ହେୟଜ୍ଞାନ କରୁଛୁ। ଭାରତରେ ପିତାମାନଙ୍କ ଭରଣପୋଷଣ ହେଉ ବା ସେମାନଙ୍କୁ କୌଣସି ଯନ୍ତ୍ରଣା ବା କଷ୍ଟ ନ ଦେବା ପାଇଁ ବିଭିନ୍ନ ଆଇନରେ ନିର୍ଦ୍ଦେଶନାମା ସ୍ପଷ୍ଟ ଉଲ୍ଲେଖ ରହିଛି। ତାହାସତ୍ତ୍ୱେ ଅଧିକାଂଶ କ୍ଷେତ୍ରରେ ନିର୍ଯାତିତ ହେଉଥିବା ପିତାମାତା-ମାନେ ନିଜ ପିଲାମାନଙ୍କର ଏପରି କ୍ରୁର ବ୍ୟବହାର ଓ ନିର୍ଯାତନା ପାଇ ମଧ୍ୟ ସେମାନଙ୍କ ଭଲ କାମନା କରି କୌଣସି ଅଭିଯୋଗ କରିବାକୁ ଆଗେଇ ଆସିନଥାନ୍ତି। ଏଠାରେ ଏକ ସତ୍ୟ ଘଟଣା ଉପରେ ଆଧାରିତ ଉଦାହରଣଟିଏ ଦେଉଛୁ। ଭୁବନେଶ୍ୱର ମଞ୍ଚେଶ୍ୱର ଥାନା ଅଞ୍ଚଳ ଗାଡ଼କଣରେ ବାସନ୍ତୀ ଆଚାର୍ଯ୍ୟ ରୁହନ୍ତି। ତାଙ୍କ ସ୍ୱାମୀ ଶଶୀକାନ୍ତ ଆଚାର୍ଯ୍ୟ ଓ ସାବତ ପୁଅ ସତ୍ୟଜିତ ଓ ବୋହୂ ରୀତା ଆଚାର୍ଯ୍ୟ, ବାସନ୍ତୀ ଆଚାର୍ଯ୍ୟ ଘରେ ନଥିବାବେଳେ ତାଙ୍କ ତାଲା ଭାଙ୍ଗି ସମସ୍ତ ଆସବାସପତ୍ର ଅକ୍ତିଆର କଲେ। ଇଏ ହେଉଛନ୍ତି ସେହି ସତ୍ୟଜିତ ଯାହାଙ୍କୁ ମଣିଷ କରି ଗଢ଼ି ତୋଳିବା ପାଇଁ ବାସନ୍ତୀ ଦେବୀ ନିଜ ଜୀବନର ମୂଲ୍ୟବାନ ସମୟ ଉତ୍ସର୍ଗ କରିଛନ୍ତି। ଦୁର୍ଭାଗ୍ୟର କଥା ସତ୍ୟଜିତ ଓ ରୀତା ଆଚାର୍ଯ୍ୟ ତାଙ୍କୁ ମାଡ଼ ମାରିବା ସହ ପିଠିରେ ବିଷାକ୍ତ ଛୁଞ୍ଚି ଫୋଡ଼ିଛନ୍ତି। ତେଣୁ ଏଇଠି ଜଣେ ଅନୁଭବ କରନ୍ତୁ ପ୍ରକୃତରେ ମଣିଷ ସନ୍ତାନସନ୍ତତି କାହିଁକି ଜନ୍ମ କରିଥାନ୍ତି ? କ’ଣ ପରିଣତ ବୟସରେ ଆହୁରି ଲୁହ ଓ ଲହୁ ପିଇବା ପାଇଁ ?

ଆମ୍ଭେମାନେ ଭୁଲି ଯାଉଛେ ଯେ, ଆମେ ଆମ ପରିବାର ଓ ସମାଜ ପାଇଁ ବୋଝ ଭାବୁଥିବା ଆମ ପିତାମାତାଙ୍କ ପ୍ରତି ଆମେ ଯେଉଁପରି ବ୍ୟବହାର ଦେଖାଉଛେ ଠିକ୍ ସେହିପରି ବ୍ୟବହାର ଯେତେବେଳେ ଆମ୍ଭେମାନେ ପରିଣତ ବୟସରେ ଆମ ପିଲାମାନଙ୍କଠାରୁ ପାଇବା ତାହା ଆମ ମାନଙ୍କ ପାଇଁ କିପରି ସହିବାର ଶକ୍ତି ରଖିବ ? କେତେକ କ୍ଷେତ୍ରରେ ଦେଖାଯାଇଥାଏ ଯେ, ସମାଜରେ ବୟସ୍କ ନାଗରିକ ମାନଙ୍କ ପାଇଁ ବିଭିନ୍ନ ସ୍ୱତନ୍ତ୍ର ସୁବିଧା, ସୁଯୋଗ ଓ ସହାୟତାର ବ୍ୟବସ୍ଥା ଥିଲେ ମଧ୍ୟ ଏହା କିଛି କ୍ଷେତ୍ରରେ କାଗଜ କଲମରେ ବନ୍ଧା ଆଇନ ପରି ଲାଗୁଛି ଆଉ କେତେକ କ୍ଷେତ୍ରରେ ସ୍ୱାର୍ଥକୁ ଗୁରୁତ୍ୱ ଦିଆଯାଉଥିବାରୁ ଏହି ଆଇନର କୌଣସି ମୂଲ୍ୟ ରହୁନାହିଁ। ଆପଣମାନେ ଅଧିକାଂଶ କ୍ଷେତ୍ରରେ ଦେଖିଥିବେ ଯାତ୍ରା କରୁଥିବା କୌଣସି ବସ୍‌ରେ ବୟସ୍କ ନାଗରିକଙ୍କ ପାଇଁ ସଂରକ୍ଷଣ ଥିବା ସିଟ୍‌ରେ ଯୁବକମାନେ ବସିଥିବେ କିନ୍ତୁ ନିଜ ଭାଗ୍ୟକୁ ଆଦରି ବରଂ ନୀରବ ରହି ଛିଡ଼ା ହୋଇ କଷ୍ଟର ସହିତ ଯାତ୍ରା କରୁଥିବେ ସେହି ବସ୍‌ରେ ପରିଣତ ବୟସର ନାଗରିକମାନେ। ଏ କ୍ଷେତ୍ରରେ ବିବେକର ଆହ୍ୱାନ କ’ଣ ଆମ୍ଭେମାନେ ସମସ୍ତଙ୍କୁ କାନରେ କହିବାକୁ ପଡ଼ିବ ? ଶିଶୁଟିଏ ଜନ୍ମ ହେଲା ଠାରୁ କଥା କହିବା ପର୍ଯ୍ୟନ୍ତ ତା’ ପାଇଁ ପିତାମାତା ଅନେକ କିଛି କରିଥାଆନ୍ତି। ଅନେକ କିଛି ଦୁଃଖ ସହିଥାଆନ୍ତି। ସେମାନଙ୍କର କୌଣସି ଆଶା ନଥାଏ। ପ୍ରତ୍ୟେକ ସନ୍ତାନ ସେମାନଙ୍କର ବୃଦ୍ଧତ୍ୱ ସମୟରେ ତାଙ୍କ ସେବା କରିବା ଶ୍ରେଷ୍ଠ କର୍ତ୍ତବ୍ୟ।

# ନୋବେଲ ପୁରସ୍କାରର ଜନକ ଆଲଫ୍ରେଡ୍ ନୋବେଲ



ଆଲ୍‌ଫ୍ରେଡ୍ ନୋବେଲ ୧୮୩୩ ମସିହାରେ ଷ୍ଟକ୍‌ହୋମଠାରେ ସ୍ୱିଡିଶ ପରିବାରରେ ଜନ୍ମ ନେଇଥିଲେ। ପିତା ଇମାନୁଏଲ୍ ଥିଲେ ଜଣେ ଇଂଜିନିୟର ତଥା ଉଦ୍ଭାବକ। କିନ୍ତୁ ପିଲାଦିନରୁ ବିସ୍ଫୋରକ ପ୍ରତି ଆଗ୍ରହ ଥିଲା ଆଲ୍‌ଫ୍ରେଡଙ୍କର। ସେ ଏହି ଦିଗରେ ଅଧିକ ଅଧ୍ୟୟନ ପାଇଁ ଉତ୍ସାହୀ ଥିଲେ। ତେବେ ଏ ବିଷୟରେ ପ୍ରାଥମିକ ଜ୍ଞାନ ମିଳିଥିବା ତାଙ୍କ ପିତାଙ୍କଠାରୁ। ଇମାନୁଏଲ୍‌ଙ୍କର ନାନା ପ୍ରକାର ବ୍ୟବସାୟରେ କ୍ଷତି ହେବା ପରେ ସେ ୧୮୩୭ ମସିହାରେ ସେଣ୍ଟ ପିଟର୍ସବର୍ଗକୁ ଚାଲିଯାଇଥିଲେ। ସେଠାରେ ସେ ବିଭିନ୍ନ ଯନ୍ତ୍ରପାତି ଏବଂ ବିସ୍ଫୋରକ ଉତ୍ପାଦନ ଆରମ୍ଭ କଲେ। ଆଧୁନିକ ପ୍ଲାଇଉଡ୍ ମଧ୍ୟ ସେ ପ୍ରସ୍ତୁତ କରିଥିଲେ। ପିଲାଦିନରୁ ବିସ୍ଫୋରକ ଏବଂ ରସାୟନ ପ୍ରତି ଆଗ୍ରହୀ ଥିବା ଆଲ୍‌ଫ୍ରେଡ୍ ୧୮ବର୍ଷ ବୟସରେ ରସାୟନ ବିଜ୍ଞାନରେ ଉଚ୍ଚତର ଅଧ୍ୟୟନ ପାଇଁ ପ୍ରଥମେ ପ୍ୟାରିସ୍ ଏବଂ ପରେ ଆମେରିକାକୁ ଯାଇଥିଲେ। ସେ ଏକାଧିକ ୟୁରୋପୀୟ ଦେଶରେ ଶିକ୍ଷାଲାଭ କରିଥିବାରୁ ପରିଷ୍କାର ଓ ଅନର୍ଗଳ ଭାବରେ ପାଞ୍ଚୋଟି ଭାଷା ବିଶେଷକରି ଇଂରାଜୀ, ଫ୍ରେଞ୍ଚ, ସ୍ୱିଡିଶ, ରୁଷିଆନ ଓ ଜର୍ମାନ ଭାଷାରେ କହି ଓ ଲେଖିପାରୁଥିଲେ। ସେ ତାଙ୍କ ବାପାଙ୍କ ପ୍ରୋତ୍ସାହନ କାରଣରୁ ବିସ୍ଫୋରକ ଉପରେ କାର୍ଯ୍ୟ ଆରମ୍ଭ କରି ଦେଇଥିଲେ। ବହୁ ପରୀକ୍ଷା ନିରୀକ୍ଷାପରେ ସେ ଏକ ସ୍ୱର୍ଣ୍ଣକାତର ବିସ୍ଫୋରକ ପ୍ରସ୍ତୁତ କରିଥିଲେ ଯାହାକୁ ୧୮୬୬ରେ ଡିନାମାଇଟ୍ ରୂପେ ନାମିତ କରାଗଲା।

ନୋବେଲଙ୍କ ଉଦ୍ଭାବନ ଖଣି, ପୂର୍ତ୍ତ, କୋଠା ନିର୍ମାଣ, ସୁଡ଼ଙ୍ଗ ଖୋଳା ଇତ୍ୟାଦିରେ ବୈପ୍ଲବିକ ପରିବର୍ତ୍ତନ ଆଣିଥିଲା। ତାଙ୍କର ଉଦ୍ଭାବନ ଡିନାମାଇଟ୍ ବ୍ୟତୀତ ଅନ୍ୟାନ୍ୟ କ୍ଷେତ୍ରରେ ବିଶେଷକରି ରସାୟନ ବିଦ୍ୟାରେ କୃତ୍ରିମବସ୍ତୁ ଯଥା ରବର ଏବଂ ଚମଡ଼ା ପ୍ରସ୍ତୁତିରେ ସହାୟକ ହୋଇଥିଲା। ତାଙ୍କ ପ୍ରଚେଷ୍ଟାରେ ୫ଟି ମହାଦେଶର ୨୦ଟି ଦେଶରେ ୯୦ଟି ଶିଳ୍ପଶାଳା ଓ ବାଣିଜ୍ୟଗାର ବା ବ୍ୟବସାୟିକ ସଂସ୍ଥା ଖୋଲା ଯାଇଥିଲା। ତାଙ୍କ ବ୍ୟବସାୟିକ ଉଦ୍ୟମ ଏବଂ ଉଦ୍ୟୋଗ ଶେଷରେ ଏକ ବିଶ୍ୱସ୍ତରୀୟ ଶିଳ୍ପରୂପେ ପରିଗଣିତ ହୋଇ ଯାହାକି ତାଙ୍କ ଆୟର ଏକ ମୁଖ୍ୟ ଉତ୍ସ ରୂପେ ପରିଣତ ହେଲା। ସେ ପାଲଟିଗଲେ ବିଶ୍ୱପତି। ଏବେ ସେଇ ଅର୍ଥ ତାଙ୍କ ଇଚ୍ଛାନୁଯାୟୀ ମଣିଷଜାତିର ସେବାରେ ବିନିଯୋଗ ହେଉଛି ବିଶେଷକରି ନୋବେଲ ପୁରସ୍କାର ଆକାରରେ ପ୍ରତିବର୍ଷ ଯାହାକି ମାନବ ସେବା ପାଇଁ ତଥା ସୃଜନପାଇଁ ପ୍ରେରଣାର ଉତ୍ସ ଓ ଶ୍ରମର ମର୍ଯ୍ୟଦା ସ୍ୱରୂପ ଅଟେ। ଏମିତି ଏକ ଉତ୍ସର୍ଗୀକୃତ ଜୀବନ ପାଇଁ ଏକ ଘଟଣା ତାଙ୍କ ଆଖି ଖୋଲିଦେଲା। ବିଶ୍ୱର ସବୁଠାରୁ ସମ୍ମାନଜନକ ପୁରସ୍କାର ନୋବେଲ ପୁରସ୍କାର ସ୍ଥାପନର ଇତିହାସ ମଧ୍ୟ ଖୁବ୍ ସମ୍ବେଦନଶୀଳ। ସମ୍ବାଦପତ୍ରରେ ଶୋକବାର୍ତ୍ତାର କେଇଟି ବାକ୍ୟ ବିଖ୍ୟାତ ରସାୟନ୍‌ବିଦ୍, ଇଞ୍ଜିନିୟର, ଉଦ୍ଭାବକ ତଥା ଉଦ୍ୟୋଗପତି ଆଲଫ୍ରେଡ୍ ନୋବେଲଙ୍କ ହୃଦୟ ଓ ମସ୍ତିଷ୍କ ସବୁକିଛିକୁ ଦୋହଲାଇ ଦେଇଥିଲା। ଘଟଣାଟି ୧୮୮୮ ମସିହାର। ଆଲ୍‌ଫ୍ରେଡ୍‌ଙ୍କ ଭାଇ ଲୁଡଭିଗ୍ କେନ୍‌ସରେ ଥିବା ସମୟରେ ମୃତ୍ୟୁବରଣ କଲେ। ଏକ ଫରାସୀ ଖବରକାଗଜ ଭୁଲବଶତଃ ଲୁଡ୍‌ଭିଗ୍‌ଙ୍କ ବଦଳରେ ଆଲ୍‌ଫ୍ରେଡ୍‌ଙ୍କ ମୃତ୍ୟୁ ଘଟିଛିମାନେ କରି ଖବରକାଗଜରେ ଶୋକ ସମ୍ବାଦଟିଏ ଦେଲେ। ଏହି ଶୋକ ସମ୍ବାଦଟି ପଢ଼ିବା ପରେ ଆଲ୍‌ଫ୍ରେଡ୍ ଚିନ୍ତା କଲେ କ’ଣ ଲୋକମାନେ ମତେ ଏମିତି ଦୃଷ୍ଟିରେ ଦେଖୁଛନ୍ତି ? ସେମାନେ ମତେ ଏକ ଦୁଷ୍ଟ ଆତ୍ମା ଭାବରେ ମନେ ରଖିବେ ? ଶୋକସମ୍ବାଦର ଶିରୋନାମା ଥିଲା ‘ମୃତ୍ୟୁର ସୌଦାଗର ମୃତ’। ଖବରଟିରେ ତାଙ୍କ ଡିନାମାଇଟ୍ ଆବିଷ୍କାରକୁ ତିରସ୍କାର କରାଯାଇଥିଲା। ଲେଖାଯାଇଥିଲା–ଡଃ ଆଲ୍‌ଫ୍ରେଡ୍ ନୋବେଲ ଯେ ଲୋକମାନଙ୍କୁ ହତ୍ୟା କରିବାର ଦ୍ରୁତତମ ଉପାୟ ଖୋଜି ବାହାର କରି ଧନୀ ପାଲଟି ଯାଇଥିଲେ, ଶେଷରେ ମୃତ୍ୟୁବରଣ କରିଛନ୍ତି। ପତ୍ନୀ ଓ ସନ୍ତାନ ନଥିବା ଆଲ୍‌ଫ୍ରେଡ୍ ଖୁବ୍ ଦୁଃଖିତ ହେଲେ ଏଇ ଖବରଟିରେ। ସେ ଏମିତି ଭାବରେ ଲୋକଙ୍କ ସ୍ମୃତିରେ ରହିବେ ଏ ଚିନ୍ତା ତାଙ୍କୁ ଅସ୍ଥିର କରିଦେଲା। ଶେଷରେ ୧୮୯୫ ମସିହା ନଭେମ୍ବର ୨୭ ତାରିଖରେ ପ୍ୟାରିସ୍‌ସ୍ଥିତ ସ୍ୱିଡ଼ିସ୍ ନରୱେ କ୍ଲବଠାରେ ସେ ନିଜର ଶେଷ ଇଚ୍ଛାପତ୍ର ଏବଂ ଶପଥପତ୍ରରେ ସ୍ୱାକ୍ଷର କଲେ। ଏହି ଇଚ୍ଛାପତ୍ରରେ ପ୍ରତିବର୍ଷ ନୋବେଲ ପୁରସ୍କାର ପ୍ରଦାନ ପାଇଁ ଉଲ୍ଲେଖ କରାଗଲା। ଏଥିପାଇଁ ନିଜ ସମ୍ପତ୍ତିର ୯୪ ପ୍ରତିଶତ ଅଂଶ ସେ ଦାନ କରିଥିଲେ। ସେତେବେଳେ ଏହି ସମ୍ପତ୍ତିର ମୂଲ୍ୟ ଥିଲା ୩୧୨୨୫୦୦୦ ସ୍ୱିଡ଼ିସ୍ ମୁଦ୍ରା। ନୋବେଲ ୧୦ ଡିସେମ୍ବର ୧୮୯୬ରେ ତାଙ୍କ ନିଜ ଘର ସାନରେମୋ ଇଟାଲୀରେ ଶେଷ ନିଦ୍ରା ଯାଇଥିଲେ। ପ୍ରତିବର୍ଷ ତାଙ୍କର ଏହି ମୃତ୍ୟୁ ଦିବସରେ ନୋବେଲ ପୁରସ୍କାର ପାଇଁ ମନୋନୀତ ବ୍ୟକ୍ତିବିଶେଷଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥାଏ। ମୃତ୍ୟୁ ପୂର୍ବରୁ ତାଙ୍କ ଇଚ୍ଛାନୁସାରେ ଏ ପୁରସ୍କାର ୧୯୦୧ ଠାରୁ ଦିଆଯାଇଆସୁଛି। ଏଥିପୂର୍ବରୁ ୧୯୬୯ ମସିହାରେ ପ୍ରଥମେ ଅର୍ଥନୀତି ଉପରେ ନୋବେଲ ପୁରସ୍କାର ପ୍ରଦାନ କରାଯାଇଥିଲା। ଆମ ଦେଶରୁ ସର୍ବ ପ୍ରଥମେ ସାହିତ୍ୟରେ ଗୀତାଞ୍ଜଳି ପାଇଁ ରବିନ୍ଦ୍ରନାଥ ଠାକୁର ୧୯୧୩ ମସିହାରେ ନୋବେଲ ପୁରସ୍କାର ପାଇଛନ୍ତି। ୧୯୩୯ ମସିହାରେ ଚନ୍ଦ୍ରଶେଖର ଭେଙ୍କଟରମଣ ବିଜ୍ଞାନ ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଏହାବ୍ୟତୀତ ଡ. ହରଗୋବିନ୍ଦ ଖୁରାନା (ବିଜ୍ଞାନ), ଅମର୍ତ୍ତ୍ୟ ସେନ (ଅର୍ଥନୀତି) ଏବଂ ମଦର ଟେରେସା (ଶାନ୍ତି) ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଗତବର୍ଷ ଭାରତର କୈଳାସ ସତ୍ୟାର୍ଥୀ, ପାକିସ୍ତାନର କିଶୋରୀ ମଲାଲା ୟୁସୁଫଜାଇଙ୍କ ସହ ମିଳିତ ଭାବରେ ନୋବେଲ ଶାନ୍ତି ପୁରସ୍କାର ଲାଭ କରିଥିଲେ। ନୋବେଲ ପୁରସ୍କାର ଏକ ସମୟରେ ସ୍ୱିଡ଼େନର ଷ୍ଟକହୋମ ଓ ନରୱେର ଓସ୍‌ଲୋଠାରୁ ସଂପୃକ୍ତ ରାଜପରିବାରମାନଙ୍କର ଉପସ୍ଥିତିରେ ପ୍ରଦାନ ହୋଇଥାଏ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com


Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com


## ଫୁଲନଖରାରୁ ଜବର ଦଖଲ ଉଚ୍ଛେଦ



ଫୁଲନଖରା (ପିଏନ୍)-କଟକ ମହାନଗର ନିଗମ ୫୯ନମ୍ବର ଓ୍ୱାର୍ଡ଼ ଅନ୍ତର୍ଗତ ଫୁଲନଖରା ଛକରୁ ଜବର ଦଖଲ ଉଚ୍ଛେଦ ହୋଇଛି। ପ୍ରଶାସନ, ପୁଲିସ ଓ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ମିଳିତ ସହଯୋଗରେ ଏହି ଅଭିଯାନ ଆରମ୍ଭ ହୋଇଛି। ୧୬ନମ୍ବର ଜାତୀୟ ରାଜପଥ ଫୁଲନଖରା ଛକଠାରୁ ରାଜପଥ ପାର୍ଶ୍ୱ ବମ୍ପକୁଦ ପର୍ଯ୍ୟନ୍ତ ଏହି ଉଚ୍ଛେଦ ପ୍ରକ୍ରିୟା ଚାଲିଥିଲା। ଏଥିରେ ସିଏମସି ଡେପୁଟୀ କମିଶନର ଅଜୟକୁମାର ମହାନ୍ତି, ସଦର ଥାନା ଅଧିକାରୀ ରଶ୍ମିରଂଜନ ମହାପାତ୍ର, ଜାତୀୟ ରାଜପଥ ଅଧିକାରୀ ପଞ୍ଚାନନ ପାଲ, ପ୍ରଭାତ ଲେଙ୍କା, ରବିନ୍ଦ୍ର ଜେନା, ଅଶୋକ ବାରିକ ଏବଂ ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ଼ ଉପସ୍ଥିତ ଥିଲେ। ପ୍ରଥମ ପର୍ଯ୍ୟାୟରେ ଜଳଖିଆ ଦୋକାନ, ଢାବା, ଗ୍ୟାରେଜ, ପାନ ଦୋକାନ ଓ ଅନ୍ୟାନ୍ୟ ୨୨ଟି ବେଆଇନ ନିର୍ମାଣକୁ ବୁଲଡୋଜର ଲଗାଇ ଉଚ୍ଛେଦ କରାଯାଇଥିଲାବେଳେ ପରବର୍ତ୍ତୀ ପର୍ଯ୍ୟାୟରେ ବମ୍ପକୁଦଠାରୁ କଟକ ଶିଖରପୁର ପର୍ଯ୍ୟନ୍ତ ଜବର ଦଖଲ ଉଚ୍ଛେଦ କାର୍ଯ୍ୟ ଚାଲିବ ବୋଲି ଅଧିକାରୀମାନେ ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ, ୨୦୧୩ ମସିହା ନଭେମ୍ବର ୨୭ ତାରିଖରେ ପ୍ରଶାସନ ତରଫରୁ ଫୁଲନଖରା ବଜାରରୁ ବେଆଇନ ଜବର ଦଖଲ ଉଚ୍ଛେଦ କରାଯାଇଥିଲା।


## ବିଜେଡିରୁ ଇସ୍ତଫା ଦେଲେ ରାଜ୍ୟ ସମ୍ପାଦକ ଚିଁତ୍ତରଞ୍ଜନ ମଣ୍ଡଳ

ଭବାନୀପାଟଣା,(ପି.ଏନ) : ଗକୁ ନିର୍ବାଚ଼ନ। ଏଥିପାଇଁ ପ୍ରତ୍ୟେକ ରାଜନୈତିକ ନୈତିକ ଦଳ ନିଜର ସଜବାଜ ହେଉଥିବା ବେଳେ ଆଜି ବିଜେଡି ରାଜ୍ୟ ସମ୍ପାଦକ ତଥା ନର୍ଲା । ନିର୍ବାଚ଼ନ ମଣ୍ଡଳୀର ସଭାପତି ଚ଼ିତ୍ତରଞ୍ଜନ ମଣ୍ଡଳ ଓରଫ ବାବୁଲି ଦଳରୁ ଇସ୍ତାଫା ଦେଇଛନ୍ତି। ଚ଼ିତ୍ତରଞ୍ଜନଙ୍କ ସମେତ ସେରଗଡ଼ ଗଡ଼ ସରପଞ୍ଚ ରାହୁଲ ସାହୁ, ପଲମ ସରପଞ୍ଚ ହେମ କିଶୋର ନାଗ, ଗାଡେବବନ୍ଧ ସରପଞ୍ଚ କବିତା ବାଗ ବିଜେଡି ଏସ୍ ସି ସେଲର ଜିଲ୍ଲା ଉପସଭାପତି ନବ କିଶୋର କୁମାର, ଓଁ ପ୍ରକାଶ ଛତ୍ରିଆ ନୂଆ ସମେତ ୧୫୦ ରୁ ଉର୍ଦ୍ଧ୍ୱ ସମର୍ଥକ ବି ଜେଡିରୁ ଇସ୍ତଫା ଦେଇଛନ୍ତି। ତେବେ ଜିଲ୍ଲା ବି ବିଜେଡିରେ ଅସନ୍ତୋଷର ନିଆଁ ଜଳୁଥିବା ପ୍ରମାଣିତ ହୋଇଛି। ଏଥି ପୂର୍ବରୁ ଜିଲ୍ଲା ଉପ ସଭାପତି ସାରଦାପ୍ରସନ୍ନ ସ୍ୱାଇଁ ମଧ୍ୟ ବିଜେଡିରୁ
ଇସ୍ତପ ଫା ପ୍ରଦାନ କରିଛନ୍ତି । କରିଛନ୍ତି । କଳାହାଣ୍ଡି ସଂସଦୀୟ କ୍ଷେତ୍ରର ଅନ୍ୟତମ ରାଜ୍ୟ ସମ୍ପାଦକ ସରୋଜ ସାହୁ ଗତକାଲି ଦଳ ଛାଡିଥିବା ସୂଚ଼ନା ହସ୍ତଗତ ହୋଇଛି। ନର୍ଲା ବିଧାନସଭା କ୍ଷେତ୍ରରେ ବିଧାୟକ ପ୍ରାର୍ଥ ପାଇଁ ଦଳରେ ଆଶାୟୀ ଥୁବା ଚ଼ିତ୍ତରଞ୍ଜନ ପରିଶେଷରେ ଦଳର ପ୍ରାଥମିକ ସଦସ୍ୟତାରୁ ଇସ୍ତଫା ଦେବା ଘଟଣା ଦଳକୁ ଅଡୁଆରେ ପକେଇଛି। ବି ଜେଡି ର ଆଭ୍ୟନ୍ତରୀଣ ଅଶାନ୍ତି ରେ କଂଗ୍ରେସ ଲାଭବାନ ହେବ ବୋଲି ଯୁବନେତା ଦୀପୁ ପାତ୍ର ପ୍ରକାଶ କରିଛନ୍ତି।

## ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୂବନେଶ୍ୱରରେ ‘ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨’ ଅଭିଯାନ ଶୁଭାରମ୍ଭ ହୋଇଛି। କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ। ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ। ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ। ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ। ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ।ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି। ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା।

## ଶକ୍ତି ଉତ୍ତୋଳନରେ ପ୍ରଭାକରଙ୍କୁ ସ୍ୱର୍ଣ୍ଣ



ଫୁଲନଖରା (ପିଏନ୍)–ରାଜ୍ୟସ୍ତରୀୟ ଶକ୍ତି ଉତ୍ତୋଳନ ପ୍ରତିଯୋଗିତାରେ ସଦର ଥାନା ଆମଣ ପଞ୍ଚାୟତ ଅନ୍ତର୍ଗତ ଅଡ଼ାଳିଆ ଗ୍ରାମର ପ୍ରଭାକର ସେଠୀ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ରାୟଗଡ଼ାଠାରେ ଅନୁଷ୍ଠିତ ପ୍ରଥମ କଳିଙ୍ଗ ଓପନ ଭାରୋତ୍ତୋଳନ ଚମ୍ପିଆନସିପରେ ପ୍ରଭାକର ଚମତ୍କାର ପ୍ରଦର୍ଶନ କରି ମାଷ୍ଟର୍ସ ବିଭାଗରେ ରାଜ୍ୟରେ ପ୍ରଥମ ସ୍ଥାନ ହାସଲ କରିଥିଲେ। ଏହି ପ୍ରତିଯୋଗିତାରେ ରାଜ୍ୟରୁ ଦୁଇଶହ ଜଣ ପ୍ରତିଯୋଗୀ ଅଂଶ ଗ୍ରହଣ କରିଥିଲେ। ଏହା ପୂର୍ବରୁ ପ୍ରଭାକର ନୂଆଦିଲ୍ଲୀଠାରେ ଅନୁଷ୍ଠିତ ଜାତୀୟ ଭାରୋତ୍ତୋଳନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରି ଦୁଇଟି ସ୍ୱର୍ଣ୍ଣ ପଦକ ହାସଲ କରିଥିଲେ। ଏହି ସଫଳତା ପାଇଁ ଆମଣ ପଞ୍ଚାୟତର ପୂର୍ବତନ ସମିତି ସଭ୍ୟା ସୁଭାସୀନି ସେଠୀ, ଗୁରୁ ରୁଦ୍ରନାରାୟଣ ସାହୁ, ବିଚିତ୍ରାନନ୍ଦ ନାୟକ, ସୌମ୍ୟ, ଆକାଶ, ରାକେଶ, ଅଭୟ, ରୋନିତ ଓ ରକି ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି।

## ପୂର୍ବ ଶତ୍ରୁତାକୁ ନେଇ ମାରପିଟ୍, ୩ ଗିରଫ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜେନାପୁର ଥାନା ଅନ୍ତର୍ଗତ କମ୍ପାଲୁ ଓ ମଙ୍ଗରାଜପୁର ଗ୍ରାମର ଦୁଇ ପରିବାର ମଧ୍ୟରେ ପୁର୍ବ ଶତ୍ରୁତାକୁ କେନ୍ଦ୍ରକରି ଘଟିଥିବା ଗଣ୍ଡଗୋଳ ଘଟଣାରେ ପୁଲିସ ୩ଜଣଙ୍କୁ ଗିରଫ କରିଛି । ସୂଚନା ଅନୁଯାୟୀ କମ୍ପାଲୁ ଗ୍ରାମର କୃପାସିନ୍ଧୁ ସାହୁ ଓ ଲକ୍ଷ୍ମୀଧର ସାହୁଙ୍କ ପରିବାର ମଧ୍ୟରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଗତ ୬ ତାରିଖରେ ଗଣ୍ଡଗୋଳ ଘଟି ଉଭୟ ପରିବାରର ୮ଜଣ ଆହତ ହୋଇଥିଲେ । ଏନେଇ ଉଭୟ ପରିବାର ପକ୍ଷରୁ ଥାନାରେ ଅଭିଯୋଗ କରାଯାଇଥିଲା । ଅଭିଯୋଗକୁ ଆଧାରକରି ପୁଲିସ ୩୫୨/୨୨ ଓ ୩୫୩/ ୨୨ରେ ଦୁଇଟି କେଶ ରୁଜୁ କରି ତଦନ୍ତ ଚଳାଇବା ସହ ଏହି ଘଟଣାରେ ପୁଲିସ ମଙ୍ଗରାଜପୁର ଗ୍ରାମର ଲକ୍ଷ୍ମୀଧର ସାହୁ (୬୦), ଜଗବନ୍ଧୁ ସାହୁ (୩୦) ଓ କମ୍ପାଲୁ ଗ୍ରାମର କୃପାସିନ୍ଧୁ ସାହୁ (୪୫)ଙ୍କୁ ଗିରଫ କରି ଚଣ୍ଡିଖୋଲ କୋର୍ଟକୁ ଚାଲାଣ କରିଛି ବୋଲି ଜେନାପୁର ଥାନା ଏସଆଇ ସୌମ୍ୟରଂଜନ ଭୋଳ ସୂଚନା ଦେଇଛନ୍ତି ।




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ୱା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଉଠକୀୟତା ଅର୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧ୍ୟକ୍ଷ ଡଃ. ଅମୀୟ ଜେନା, ପ୍ରାଧ୍ୟାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

# ବିଜେଡ଼ିରେ ଯୋଗ ଦେଲେ ଲାଞ୍ଜିଗଡ଼, ନର୍ଲାର ବିଜେପି ଓ କଂଗ୍ରେସ ନେତା



ଭୁବନେଶ୍ୱର,(ପି.ଏନ): କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ଓ ନର୍ଲା ନିର୍ବାଚନମଣ୍ଡଳୀର ଶତାଧିକ ବିଜେପି ଓ କଂଗ୍ରେ କର୍ମୀ ବିଜେଡ଼ିରେ ଯୋଗ ଦେଇଛନ୍ତି। ଶଙ୍ଖ ଭବନରେ ଆୟୋଜିତ ମିଶ୍ରଣ ପର୍ବରେ ବିଧାୟକ ତଥା କଳାହାଣ୍ଡି ଜିଲ୍ଲା ପର୍ଯ୍ୟବେକ୍ଷକ ପ୍ରଣବ ବଳବନ୍ତରାୟ ଓ ସାଂସଦ ସସ୍ମିତ ପାତ୍ର ଉପସ୍ଥିତ ରହି ସେମାନଙ୍କୁ ସ୍ୱାଗତ କରିଥିଲେ। ଏହି କର୍ମୀମାନଙ୍କ ଯୋଗଦାନ ଫଳରେ ଲାଞ୍ଜିଗଡ଼ ଓ ନର୍ଲା ନିର୍ବାଚନମଣ୍ଡଳୀରେ ଦଳୀୟ ସଙ୍ଗଠନ ଆହୁରି ମଜଭୁତ ହେବ ବୋଲି ଶ୍ରୀ ବଳବନ୍ତରାୟ ଓ ଶ୍ରୀ ପାତ୍ର କହିଥିଲେ। ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସଭାପତି ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ବିଜେଡ଼ିରେ ଯୋଗ ଦେଲେ ବୋଲି କର୍ମୀମାନେ କହିଥିଲେ। ଏହି ମିଶ୍ରଣ ପର୍ବରେ ବିଜେପିର ବରିଷ୍ଠ ନେତା ଚାଙ୍କେର ମାଝି, ହରିହର କୁମାର, ରାଜେନ୍ଦ୍ର ମାଳା, ଜିଲ୍ଲା କଂଗ୍ରେସ କମିଟି ସାଧାରଣ ସମ୍ପାଦକ ପରମାନନ୍ଦ ମାଝୀ, ଆଦିବାସୀ ସଂଘ ଉପସଭାପତି ଧନସିଂ ମାଝୀ, ସାଧାରଣ ସମ୍ପାଦକ ଦାଶରଥୀ ମାଝୀ, ଆଦିବାସୀ ସଂଘ ସଦସ୍ୟ ଗୌରଚନ୍ଦ୍ର ମାଝୀ, ଯୋଗେନ୍ଦ୍ର ମାଝୀ ପ୍ରମୁଖ ବିଜେଡ଼ିରେ ସାମିଲ ହୋଇଥିଲେ। ବିଜେଡ଼ି ମୁଖପାତ୍ର ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଳିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଳିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧାପକ ଓ ଅଧାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଡ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧାପକ, ଅଧାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧାପକ ଓ ଅଧାପିକାମାନଙ୍କ ଅଭିଯୋଗ ଆଧାରରେ ଅଧକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି। ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଳୁ କରିଛନ୍ତି ମହାବିଦ୍ୟାଳୟର ଅଧକ୍ଷ। ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧାପକ, ଅଧାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି। ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେ। ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଡ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ। ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ। ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧାପକ, ଅଧାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ। କେବଳ ଏତିକି ନୁହେଁ ଅଧକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି। ପୁଣି କେତେକ ଅଧାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି। ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ। ଅଧକ୍ଷ ଓ ଅଧାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ। ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ।


2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ
୨୬ ବର୍ଷରେ
Bhubaneswar Thursday April 18, 2024 ଭୁବନେଶ୍ୱର ଗୁରୁବାର, ଅପ୍ରେଲ ୧୮,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## ଜିନ୍ଦଲ ଷ୍ଟେନଲେସ ଲିମିଟେଡ ତରଫରୁ ଅଗ୍ନି ନିରାପତ୍ତା ସପ୍ତାହ ପାଳିତ

ଭୁବନେଶ୍ୱର,(ପି.ଏନ): କଳିଙ୍ଗନଗର, ଯାଜପୁର ଜିଲ୍ଲାର ଅଗ୍ରଣୀ ଶିଳ୍ପସଂସ୍ଥା ଜିନ୍ଦଲ ଷ୍ଟେନଲେସ ଲିମିଟେଡର, ସାମାଜିକ ଦାୟୀତ୍ୱବୋଧ ବିଭାଗ ମାଧ୍ୟମରେ ମାନତିରା ଓ ବୁଦ୍ଧରାଜା ବିଦ୍ୟାପୀଠ ପରିସରରେ ଛାତ୍ର ଛାତ୍ରୀ ଓ ଶିକ୍ଷକ ଶିକ୍ଷୟତ୍ରୀ ମାନଙ୍କୁ ନେଇ ଗତ ୧୫ ଓ ୧୬ ତାରିଖ ଦୁଇଦିନ ଧରି ଏକ ଅଗ୍ନି ସୁରକ୍ଷା ସମ୍ବନ୍ଧୀୟ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଥିଲା । ବିଦ୍ୟାଳୟର ଛାତ୍ର ଛାତ୍ରୀମାନଙ୍କୁ ଅଗ୍ନି ନିରାପତ୍ତା ସମ୍ବନ୍ଧୀୟ ସଚେତନତା ପ୍ରଦାନ କରିବାର ଲକ୍ଷ୍ୟ ନେଇ ଜିନ୍ଦଲ ଷ୍ଟେନଲେସ ଲିମିଟେଡର ଅଗ୍ନି ସୁରକ୍ଷା ବିଭାଗ ଓ ସି ଏସ ଆର ବିଭାଗର ମିଳିତ ଉଦ୍ୟମରେ ଅଗ୍ନି ସୁରକ୍ଷା ସପ୍ତାହ ପାଳନ ଅବସରରେ ଏକ ସଚେତନତା ଭିତ୍ତିକ କାର୍ଯ୍ୟକ୍ରମ ଆୟୋଜନ କରଯାଇଥିଲା। ଜେଏସଏଲର ଅଗ୍ନି ନିରାପତ୍ତା ବିଭାଗର ଅଧିକାରୀ ଛାତ୍ର ଛାତ୍ରୀ ମାନଙ୍କୁ ନିଆଁ ଲାଗିବାର ବିଭିନ୍ନ କାରଣ ଏବଂ ଏହାକୁ ନିର୍ବାପନ କରିବା ପାଇଁ ବିଭିନ୍ନ ପଦ୍ଧତି ସମ୍ବନ୍ଧରେ ପ୍ରଦର୍ଶନ ମାଧ୍ୟମରେ



ଅବଗତ କରାଇଥିଲେ। ଏହି ଅବସରରେ ଛାତ୍ର ଛାତ୍ରୀ ମାନଙ୍କୁ ଅଗ୍ନି ନିର୍ବାପକ ଯନ୍ତ୍ରର ଉପଯୋଗୀତା ଓ ବ୍ୟବହାର ସମ୍ବନ୍ଧରେ ପ୍ରଶିକ୍ଷଣ ପ୍ରଦାନ କରଯାଇଥିଲା। ଏହି କାର୍ଯ୍ୟକ୍ରମକୁ ଜିନ୍ଦଲ ଷ୍ଟେନଲେସ ଲିମିଟେଡର ସି ଏସ ଆର ବିଭାଗର ଅଧିକାରୀମାନେ ଯୋଗ ଦେଇ ଛାତ୍ର ଛାତ୍ରୀ ମାନଙ୍କୁ ଏହି ଶିବିରର ଉପାଦେୟତା ସମ୍ବନ୍ଧରେ ଅବଗତ କରିଥିଲେ। ମାଣତିରା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଶ୍ରୀଯୁକ୍ତ ରମେଶ ଚନ୍ଦ୍ର ସାହୁ ଓ ବୁଦ୍ଧରାଜା ବିଦ୍ୟାପୀଠର ପ୍ରଧାନ ଶିକ୍ଷକ ଶ୍ରୀଯୁକ୍ତ ପ୍ରଫୁଲ୍ଲ କୁମାର ବେହେରା ଉପସ୍ଥିତ ରହି ଛାତ୍ର ଛାତ୍ରୀ ମାନଙ୍କୁ ଉତ୍ସାହିତ କରିଥିବା ବେଳେ ଜେ ଏସ ଏଲ ର କର୍ମକର୍ତ୍ତା ମାନଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଜିନ୍ଦଲ ଷ୍ଟେନଲେସ ଲିମିଟେଡ ର କର୍ମଚାରୀବୃନ୍ଦ ଯଥା ରୋଲଣ୍ଡ ଦଳେଇ, ସସ୍ମିତା ସାମଲ, ଲବଣୀ ତରାଇ, ପ୍ରିୟଙ୍କା ପଣ୍ଡା, ସସ୍ମିତା ପରିଜା ଓ ମଧୁସ୍ମିତା ମହାନ୍ତି ପ୍ରମୁଖ ପରିଚାଳନା କରିବାରେ ସହଯୋଗ ପ୍ରଦାନ କରିଥିଲେ।

## ବନାଖଣ୍ଡି ପଞ୍ଚାୟତ ପକ୍ଷରୁ ଖୋଲିଲା ଜଳଛତ୍ର ଶିବିର

କୋଣାର୍କ,(ପି,ଏନ୍): କୋଣାର୍କ ଅନ୍ତର୍ଗତ ଗୋପ ବ୍ଲକ ବନାଖଣ୍ଡି ପଞ୍ଚାୟତ ପକ୍ଷରୁ ପ୍ରଚଣ୍ଡ ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ଜଳଛତ୍ର ଶିବିର ଶୁଭାରମ୍ଭ ହୋଇଛି। ଖବରରୁ ପ୍ରକାଶ ଯେ ବନାଖଣ୍ଡି ପଞ୍ଚାୟତ ର ସରପଞ୍ଚ ପ୍ରଜ୍ଞା ପରମିତା ଙ୍କ ନେତୃତ୍ୱରେ ଜୁଣେଇ ବଜାର , ଦଶବଟିଆ ବଜାର ଓ ସାରଡ଼ା ବଜାର ଆଦି ତିନି ଗୋଟି ସ୍ଥାନରେ ଏହି ଜଳଛତ୍ର ଶୁଭାରମ୍ଭ କରାଯାଇଅଛି । ପଞ୍ଚାୟତ ପକ୍ଷରୁ ଏଭଳି ଜନକଲ୍ୟାଣକାରୀ କାର୍ଯ୍ୟକ୍ରମକୁ ସ୍ଥାନୀୟ ଗ୍ରାମ ବାସୀମାନେ ଭୂୟଂଶ ପ୍ରଶଂସା କରିଥିଲେ । ଏହି ତିନି ଗୋଟି ବଜାର ରୋଡ଼ ଦେଇ କୋଣାର୍କ ମନ୍ଦିରକୁ ଆସୁଥିବା ପର୍ଯ୍ୟଟକ ଓ ସ୍ଥାନୀୟ ଲୋକମାନେ ମାନେ ବନାଖଣ୍ଡି ପଞ୍ଚାୟତ ପକ୍ଷରୁ ଖୋଲା ଯାଇଥିବା ଜଳଛତ୍ର ଶିବିର ରୁ ପାନୀୟ ଜଳ ପିଇବା ସହ ସନ୍ତୋଷ ବ୍ୟକ୍ତ କରିଥିଲେ । ଏହି କାର୍ଯ୍ୟକ୍ରମକୁ ବନାଖଣ୍ଡି ପଞ୍ଚାୟତ ର ସଭାପତି ବିଶ୍ୱଜିତ୍ ବିଶ୍ୱାଳ ଓ ଅନ୍ୟ ମାନଙ୍କ ମଧ୍ୟରେ ବନମାଳୀ ମୁରୁଡି , ବିରଞ୍ଚି ପାତ୍ର , ରାଜୀବ ପ୍ରଧାନ ପ୍ରମୁଖ ପରିଚାଳନା କରିଥିଲେ ।

## ତାରାଙ୍କୁ ବିରୋଧକୁ ନେଇ ଜୋର ଧରିଛି ଚର୍ଚ୍ଚା

କୋରାପୁଟ ଜିଲ୍ଲା,( ପି ଏନ୍): ଜୟପୁର ବ୍ଲକ୍ ଅନ୍ତର୍ଗତ କାଳିଆ ଗାଁ ମାଳି ଦଳେଇ ପୁଟ ଗ୍ରାମରେ ଗତ ହନୁମାନ ଜୟନ୍ତୀ ଦିନ ତାରା ଆସନ୍ତା ନିର୍ବାଚନ ପ୍ରଚାର ପ୍ରସାର କୁ ନେଇ ମାଳି ଦଳେଇ ପୁଟ ଗ୍ରାମରେ ଚଇତି ପରବ ର ନାଟ ଚାଲିଥିବା ବେଳେ ଗ୍ରାମକୁ ପ୍ରବେଶ କରିଥିଲେ। ଗ୍ରାମ ବାସୀ ସ୍ୱାଗତ ଏବଂ ସମ୍ବର୍ଦ୍ଧନା ଦେଇଥିଲେ,ତତ୍ ପରେ ତାରା ମଞ୍ଚ ଉପରେ ଚଢି ମେଡାଲ ଲଗେଇବି କହି ମଞ୍ଚ ଚଢ଼ିବାକୁ ଚେଷ୍ଟା କଲେ ଗ୍ରାମ ବାସୀଙ୍କ କହିବା ଅନୁସାରେ ଏହି ଚଇତି ପରବ ଯାତ୍ରା ଆମ ଚଇତି ପୂଜା କମିଟି ସପ୍ତାହ ଆଗରୁ ବୈଠକ ବସି ଆଲୋଚନା କରିଥିଲୁ ଆମ ଏହି ଗ୍ରାମର ନାଟରେ କୌଣସି ରାଜନୈତିକ ନେତାକୁ ନିମନ୍ତ୍ରଣ କରିବା ନାହିଁ ଏହା ଆମ ନିଜ କଷ୍ଟ ଟଙ୍କାରେ ଚାନ୍ଦା କରି ନାଟ କରୁଚୁ ବୋଲି ନିଷ୍ପତି ନିଆ ହୋଇଥିଲା, କିନ୍ତୁ କୌଣସି ଏକ କମିଟି ସଭ୍ୟ ତାରାଙ୍କୁ ନିମନ୍ତ୍ରଣ କରି ଗ୍ରାମକୁ ବାରମ୍ବାର ଫୋନ କରି ଡୋକା ଯାଇଥିଲା, ଆମ୍ଭ ଗ୍ରାମ ବାସୀ କୌଣସି



ବିରୋଧ କରି ନଥିଲୁ କେବଳ ମଞ୍ଚ ଉପରେ ଯାଅନ୍ତୁ ନାହିଁ, ତଳେ ଚେୟାର ଦେବୁ ୨ ଘଣ୍ଟାରୁ ୩ଘଣ୍ଟା ନାଟ ଉପଭୋଗ କରନ୍ତୁ ବୋଲି କହୁଥିଲୁ। ଆମ କଥାକୁ ଏଡେଇ ଦେଇ ମଞ୍ଚ ଉପରେ ଚଢିଥିବାରୁ ମହିଳାମାନେ ଓ ଗ୍ରାମ ବାସୀ ଏହି ମଞ୍ଚ ଛାଡି ଚାଲିଯାଅ ବୋଲି ହାତ ଯୋଡି ପ୍ରମାଣ କରି ଶେଷରେ ଗୋଡ ମଧ୍ୟ ଧରିଥିଲୁ, କିନ୍ତୁ କିଛି କଂଗ୍ରେସ ଦଳୀୟ କର୍ମୀ ବିଜେଡି ଦଳ ର ନାମକୁ ନେଇ ବଦନାମ କରିବା ପାଇଁ ମଦ ପିଇ ବିଧାୟକ ଙ୍କୁ ଅପମାନ କରିଛୋନ୍ତି ବୋଲି ଯୁକ୍ତି ବାଢ଼ିବା ସହ ନିନ୍ଦା କରୁଛନ୍ତି ଏହା ପ୍ରକୃତ ମିଥ୍ୟା ଘଟଣା ହେଉଛି ତାରାଙ୍କ ସହ କର୍ମୀ ହିଁ ମଦ ପିଇ ଗଣ୍ଡଗୋଳ ସୃଷ୍ଟି କରିବା ପାଇଁ ପ୍ରସ୍ତୁତ ହୋଇଥିଲେ, କମିଟି ରେ ବୈଠକ ଆରମ୍ଭ ହେବା ପ୍ରଥମରୁ ହିଁ ମଦ ଆମ ଗ୍ରାମ କିମ୍ବା ଗ୍ରାମର ଆଖ ପାଖରେ ମଧ୍ୟ ବିକ୍ରି ନ କରିବା ପାଇଁ ନିଷ୍ପତି ନିଆ ହୋଇଥିଲା, ଯୋଦି ମଦ ପିଇ ଥାଆନ୍ତୁ ତାହା ହେଲେ ହାତ ଯୋଡି ପ୍ରମାଣ କରି ନ ଥାଆନ୍ତୁ, କଂଗ୍ରେସ ଦଳର ଏହି ମିଥ୍ୟା ପ୍ରଚାରକୁ ନେଇ ଜୟପୁର ନିର୍ବାଚନ ମଣ୍ଡଳୀର ସମସ୍ତ ଗ୍ରାମାଞ୍ଚଳରେ ତାରାଙ୍କ ନାମ ଏବଂ ଗୌରବ କ୍ଷୁର୍ଣ୍ଣ ହେଇଥିବା ସାଧାରଣରେ ବହୁଳ ଚର୍ଚ୍ଚା ହେଉଛି।

## କୁକୁଡାଖଣ୍ଡି ବ୍ଲକ ଠାରେ ବିଜୁ ବାବୁଙ୍କ ତିରୋଧାନ ଦିବସ ପାଳନ

କୁକୁଡାଖଣ୍ଡି (ଇପିଲି ପୂର୍ଣ୍ଣଚନ୍ଦ୍ର), (ପି.ଏନ): ଆଜି କୁକୁଡାଖଣ୍ଡି ବ୍ଲକ ପରିସରରେ ପ୍ରଭାଦ ପୁରୁଷ ବିଜୁ ପଟ୍ଟନାୟକଙ୍କ ଙ୍କ ତିରୋଧାନ ଦିବସ ପାଳନ। ପ୍ରଥମେ ବିଜୁ ବାବୁ ଙ୍କ ପ୍ରତିମୂର୍ତ୍ତି ଙ୍କୁ ଫୁଲ ମାଳ ପକାଇ ବା ସହ ଦୀପ ପ୍ରଜ୍ୱଳନ କରାଯାଇଥିଲା। ଶେଷ ବିଜୁ ବିଜୁ ବାବୁ ଙ୍କ ପାଇଁ ଏକ ସ୍ମୃତି ସଭା ରେ ବ୍ଲକ ଅଧକ୍ଷ ଙ୍କ ନେତୃତ୍ୱରେ ବିଜେଡି କର୍ମୀ ମାନଙ୍କୁ ନେଇ ଏକ ଶପଥ ପାଠ ପାଠ କରାଯାଇଥିଲା। 'ମୁଁ ବିଜୁ ଜନତା ଦଳର ଜଣେ ଶୃଙ୍ଖଳିତ ସଦସ୍ୟ ଭାବରେ ଆଜି ମହାନ୍ ଜନନାୟକ ପ୍ରବାଦ ପୁରୁଷ ବିଜୁ ବାବୁଙ୍କ ଶ୍ରାଦ୍ଧ ଦିବସରେ ଦୃଢ ଶପଥ ଗ୍ରହଣ



କରୁଛି ଯେ ଦଳୀୟ ଏକତା, ଶୃଙ୍ଖଳା ଏବଂ ଅନୁଶାସନ ପରିପାଳନ ସହିତ ଓଡ଼ିଶାବାସୀ ବାସୀଙ୍କ ସେବାରେ ମୁଁ ନିଜକୁ ନିରନ୍ତର ଉତ୍ସର୍ଗ କରିବି । ଓଡ଼ିଶାର ସ୍ୱାର୍ଥ ଓ ସ୍ୱାଭିମାନର ସୁରକ୍ଷା ସହିତ ଓଡ଼ିଶାବାସୀଙ୍କ ନ୍ୟାଯ୍ୟ ଦାବି ହାସଲ ନିମନ୍ତେ ନିର୍ଭୀକତାର ସହିତ ସଂଗ୍ରାମ ଜାରି ରଖିବି । ଓଡ଼ିଶାବାସୀଙ୍କ କଲ୍ୟାଣ ଓ ସଶକ୍ତିକରଣ ନିମନ୍ତେ ଉତ୍ସର୍ଗୀକୃତ ମନୋଭାବ । ନେଇ ନିରନ୍ତର କାର୍ଯ୍ୟ କରିବା ସହିତ ଏକ ସମୃଦ୍ଧ, ସଶକ୍ତ ଓ ସ୍ୱାଭିମାନୀ "ନବୀନ ଓଡ଼ିଶା'" ଗଢିବା ପାଇଁ ମୁଁ ଆଜି ଦୃଢ ଶପଥ ଗ୍ରହଣ କରୁଛି ବୋଲି ଶପଥ ପାଠ କରାଯାଇଥିଲା" ତାହା ସହ ବିଜୁ ବାବୁ ଅମର ରହେ ନାରାରେ ବ୍ଲକ ପରିସରରେ କମ୍ପି ଉଠିଥିଲା। ଏହି କାର୍ଯ୍ୟକ୍ରମ ରେ ବ୍ଲକ ଅଧକ୍ଷ କାମାକ୍ଷ ପ୍ରସାଦ ପାତ୍ର, ଉପାଧକ୍ଷା ବିଷ୍ଣୁପ୍ରିୟା ପାତ୍ର ,କୈଳାସରଣା , କେ. ମଣିବାବୁ, କୈଳାସ ବିଶୋଇ, ଶିବ ରାମ ପାତ୍ର, ଭବାନି ବିଶ୍ୱାଳ, ନରସିଂହ ସାହୁ, ବଶିଷ୍ଠ ଜେନା, ବନ୍ଦନା ସେଠୀ ଓ ବ୍ଲକ ର ବିଭିନ୍ନ ପଞ୍ଚାୟତ ରୁ ଆସିଥିବା ସରପଞ୍ଚ ଓ ସମିତି ସଭ୍ୟ ଙ୍କ ସମେତ ବ୍ଲକ କର୍ମଚାରୀ ଓ ଯୁବ ବିଜୁ କର୍ମୀ ଉପସ୍ଥିତ ରହିଥିଲେ।

## କଂଗ୍ରେସ ଗଠନ କଲା ପିସିସି ନିର୍ବାଚନ ମ୍ୟାନେଜମେଂଟ କମିଟି

ଭୁବନେଶ୍ୱର,(ପି.ଏନ) : ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀଯୁକ୍ତ ଶରତ ପଟ୍ଟନାୟକଙ୍କ ପ୍ରସ୍ତାବ କ୍ରମେ ଅଖିଳ ଭାରତ କଂଗ୍ରେସ କମିଟି ସଭାପତି ଶ୍ରୀଯୁକ୍ତ ମଲିକାର୍ଜୁନ ଖଡ଼ଗେ ଜୀ ଚଳିତ ଲୋକସଭା ଓ ବିଧାନସଭା ସାଧାରଣ ନିର୍ବାଚନ-୨୦୨୪ ନିମନ୍ତେ ପ୍ରଦେଶ କଂଗ୍ରେସ ନିର୍ବାଚନ ମ୍ୟାନେଜମେଂଟ କମିଟି ଗଠନ କରିଛନ୍ତି ବୋଲି ଅଖିଳ ଭାରତ କଂଗ୍ରେସ କମିଟି ପକ୍ଷରୁ ଘୋଷଣା କରାଯାଇଛି। ଏହି କମିଟିରେ ପୂର୍ବତନ ପିସିସି ସଭାପତି ଶ୍ରୀ ପ୍ରସାଦ ହରିଚନ୍ଦନ ଅଧ୍ୟକ୍ଷ ଭାବେ ରହିଥିବାବେଳେ ବରିଷ୍ଠ କଂଗ୍ରେସ ନେତା ଶ୍ରୀ ମନୋରଜ ଦାଶ ଆବାହକ ଭାବରେ ଏବଂ ଶ୍ରୀ ବାଙ୍କନିଧି ବେହେରା ଓ ବିକାଶ ଗରାବଡୁ ଯୁଗ୍ମ ଆବାହକ ଭାବରେ ରହିଛନ୍ତି। ଅନ୍ୟମାନଙ୍କ ମାନଙ୍କ ମଧ୍ୟରେ ଏହି କମିଟିରେ ବରିଷ୍ଠ କଂଗ୍ରେସ ନେତୃବୃନ୍ଦ ସର୍ବଶ୍ରୀ ନିରଜ ପଟ୍ଟନାୟକ, ଜୟଦେବ ଜେନା, ଭକ୍ତ ଚରଣ ଦାସ, ଶ୍ରୀକାନ୍ତ ଜେନା, ସୁଶୀଳା ତିରିଆ, ଶରତ ରାଉତ, ଡ. ରାମଚନ୍ଦ୍ର ଖୁଂଟିଆ, ବିଜୟ କୁମାର ପଟ୍ଟନାୟକ, ପଂଚାନନ କାନୁନ୍‌ଗୋ, ଜଗନ୍ନାଥ ପଟ୍ଟନାୟକ, ନକୁଳ ନାୟକ, ନବଜ୍ୟୋତି ପଟ୍ଟନାୟକ, ମାନସ ଚୌଧୁରୀ, ଡ. ହମିଦ୍ ହୁସେନ୍, ବନ୍ଦିତା ପରିଡ଼ା, ଶୁଭେନ୍ଦୁ ମହାନ୍ତି, ମନୋଜ ଜେନା, ଦେବାଶିଷ ଭୁୟାଁ, ସିତାଂଶୁ ଦାସ, କିଶୋର ଜେନା, ଲୋକନାଥ ମହାରଥୀ, ରାଜୀବ ପଟ୍ଟନାୟକ ପ୍ରମୁଖ ରହିଥିବାବେଳେ ଏକ୍ସ-ଅଫିସିଓ ସଭ୍ୟ ଭାବରେ ସମସ୍ତ ପୂର୍ବତନ ପିସିସି ସଭାପତି ଓ ବିରୋଧଦଳ ନେତା, ଓଡ଼ିଶା ଦାୟିତ୍ୱରେ ଥିବା ଏ.ଆଇ.ସି.ସି କର୍ମକର୍ତ୍ତା, ରାଜ୍ୟ ଛାମୁଆ ସଂଗଠନ/ ବିଭାଗ ଓ ପ୍ରକୋଷ୍ଠର ମୁଖ୍ୟ, ପିସିସି ୱାର ରୁମ୍ ଅଧ୍ୟକ୍ଷ / ଗଣମାଧ୍ୟମ ଓ ସାମାଜିକ ଗଣମାଧ୍ୟମ ଅଧ୍ୟକ୍ଷ ମାନେ ରହିଛନ୍ତି ବୋଲି ପିସିସି ପକ୍ଷରୁ ଏକ ପ୍ରେସ୍ ବିଜ୍ଞପ୍ତିରେ କୁହାଯାଇଛି।

## ବିଜେପି ତରଫରୁ ରାମନବମୀ ଉପଲକ୍ଷେ ବିଶାଳ ବାଇକ ରାଲି

କୁକୁଡାଖଣ୍ଡି (ଇପିଲି ପୂର୍ଣ୍ଣଚନ୍ଦ୍ର)(ପି.ଏନ): ପବିତ୍ର ଶ୍ରୀରାମ ନବମୀ ଅବସରରେ ଭାରତୀୟ ଜନତା ପାର୍ଟି ପକ୍ଷରୁ ଗୋପାଳପୁର ନିର୍ବାଚନ ମଣ୍ଡଳୀ ବିଧାନସଭା ପାର୍ଥି ଏବଂ ବ୍ରହ୍ମପୁର ସାଂସଦ ପାର୍ଥି ଙ୍କ ନେତୃତ୍ୱରେ ଏକ ବିଶାଳ ମୋଟରସାଇକେଲ୍ ଶୋଭାଯାତ୍ରା ପ୍ରଥମେ ବ୍ରହ୍ମପୁର ସହର ପରିକ୍ରମା କରିଲା ପରେ । ଏହି ଶୋଭାଯାତ୍ରାରେ ହଜାରରୁ ଉର୍ଦ୍ଧ ମୋଟରସାଇକେଲରେ ଦଳୀୟ କାର୍ଯ୍ୟକର୍ତ୍ତା ମାନଙ୍କ ଜୟ ଶ୍ରୀ ରାମ ଧ୍ୱନି ସମଗ୍ର ସହରକୁ ପ୍ରକମ୍ପିତ କରିବା ସହ ଆଧାତ୍ମିକ ପରିବେଶ ସୃଷ୍ଟି କରିଥିଲେ । ଆଜିର ଏହି ପବିତ୍ର ଦିବସରେ ଔପଚାରିକ ଭାବେ ପ୍ରଚାର ଅଭିଯାନ ଆରମ୍ଭ କରିଛନ୍ତି । ବିଜେପିର ଏହି ଶୋଭାଯାତ୍ରାରେ ବିଧାୟକ ପ୍ରାର୍ଥୀ ବିଭୁତି ଭୂଷଣ ଜେନା ପ୍ରତି ଗ୍ରାମାଞ୍ଚଳ ଲୋକଙ୍କୁ ନେଇ ସାଧାରଣ ଜନତାଙ୍କ ଆକୃଷ୍ଟ ସମର୍ଥନ ଦେଖିବାକୁ ମିଳିଥିଲା। ତାହା ସହ ଏହି ଶୋଭାଯାତ୍ରା ହୁଗୁଳାପଟ୍ଟା ପଞ୍ଚାୟତ ରେଗିଡି ଛକ ଠାରୁ ହୁଗୁଳାପଟ୍ଟା ଗ୍ରାମ ପରିକ୍ରମା ସମେତ ଗୁରୁଣ୍ଡି ଏବଂ ଲୋଚାପଡା ଆଦି ଅଞ୍ଚଳ ପରିକ୍ରମା କରିଥିଲେ । ପରିଶେଷରେ ଗଙ୍ଗାଧର ମନ୍ଦିର ଠାରେ ପହଞ୍ଚି ପ୍ରସାଦ ସେବନ କରିଥିଲେ । ଏହି ଶୋଭାଯାତ୍ରାରେ ଗୋପାଳପୁର ବିଧାୟକ ପାର୍ଥି ବିଭୁତି ଭୂଷଣ ଜେନା ଏବଂ ବ୍ରହ୍ମପୁର ସାଂସଦ ପାର୍ଥି ତଥା ଗୋପାଳପୁର ବିଧାୟକ ପ୍ରଦୀପ ପାଣିଗ୍ରାହୀ ଙ୍କ ବହୁ ସମର୍ଥକ ଲୋଚାପଡା ସରପଞ୍ଚ ଏଲ. ମୋହନ ଦାସ,ଏନ. ଗଙ୍ଗାଧର ପାତ୍ର, ଗୁରୁଣ୍ଡି ସମିତିସଭ୍ୟ ପ୍ରତିନିଧି କେ.ଚନ୍ଦ୍ର ଶେଖର ଦାସ,ନିମଖଣ୍ଡି ମଣ୍ଡଳ ସଭାପତି ଚଣ୍ଡୀଚରଣ ସାହୁ, ପ୍ରମୁଖଙ୍କ ସମେତ ହଜାର ହଜାର ସଂଖ୍ୟାରେ ଦଳୀୟ କାର୍ଯ୍ୟକର୍ତ୍ତା ସାମିଲ୍ ହେଇଥିଲେ ।

## ଏମ୍ସ ଭୁବନେଶ୍ୱରରେ ଉନ୍ନତ କୃତ୍ରିମ ମୂତ୍ର ସ୍ପିନ୍ଟର (ଏୟୁଏସ) ପ୍ରତିରୋପଣ ସେବା ଆରମ୍ଭ

ଭୁବନେଶ୍ୱର, (ପି.ଏନ): ଗୁଣବତ୍ତାସମ୍ପନ୍ନ ସ୍ୱାସ୍ଥ୍ୟ ସେବା ପ୍ରଦାନ କ୍ଷେତ୍ରର ଖ୍ୟାତି ଅର୍ଜନ କରିଥିବା ଜାତୀୟ ସ୍ୱାସ୍ଥ୍ୟ ପ୍ରତିଷ୍ଠାନ ଏମ୍ସ ଭୁବନେଶ୍ୱର ଏହାର ସଫଳତାରେ ଯୋଡ଼ିଛି ଆଉ ଏକ ଫରଦ। ରାଜ୍ୟରେ ପ୍ରଥମକରି ଜଣେ ବ୍ୟକ୍ତିଙ୍କ ଶରୀରରେ କୃତ୍ରିମ ମୂତ୍ର ସ୍ପିନ୍ଟର୍ସ (ଏୟୁଏସ) ପ୍ରତିରୋପଣ କରାଯାଇଛି। ଏମ୍ସ ଭୁବନେଶ୍ୱର ୟୁରୋଲୋଜି ବିଭାଗ ଦ୍ୱାରା କରାଯାଇଥିବା ଏହି ଅତ୍ୟାଧୁନିକ ପ୍ରତିରୋପଣ ଓଡ଼ିଶାରେ ପ୍ରଥମ ହେବାର ଗୌରବ ଲାଭ କରିଛି। ଏକ ସୁଦକ୍ଷ ଡ଼ାକ୍ତରୀ ଦଳ ଏହି ବିଶେଷ ପ୍ରତିରୋପଣ ପ୍ରକ୍ରିୟା ସମ୍ପାଦନ କରିଥିଲେ। ଏହି ଅଭିନବ ସେବା ଗୁରୁତର ମୂତ୍ର ରୋଗରେ ପୀଡିତ ରୋଗୀଙ୍କ ପାଇଁ ନୂତନ ଆଶା ଏବଂ ଉନ୍ନତ ମାନର ଜୀବନ ପ୍ରଦାନ କରିବାରେ ସହାୟକ ହେବ। ପୂର୍ବରୁ ଏହି ପ୍ରତିରୋପଣ କେବଳ ଦେଶର ହାତଗଣତି କିଛି ବଡ଼ ସହରରେ ଉପଲବ୍ଧ ଥିଲା । ବର୍ତ୍ତମାନ ଏହା ଏମ୍ସ ଭୁବନେଶ୍ୱରରେ ଉପଲବ୍ଧ ହୋଇପାରିଛି। କୃତ୍ରିମ ୟୁରିନାରୀ ସ୍ପିଙ୍କ୍ଟର ପ୍ରତିରୋପଣ ପ୍ରଣାଳୀ ମୂତ୍ର ରୋଗୀଙ୍କ ପାଇଁ ସର୍ବୋଚ୍ଚ (ସ୍ୱର୍ଣ୍ଣ ମାନକ) ଚିକିତ୍ସା ଭାବରେ ସ୍ୱୀକୃତିପ୍ରାପ୍ତ ଯାହା ପାରମ୍ପାରିକ ଚିକିତ୍ସା ପଦ୍ଧତିର ବିରୁଦ୍ଧାଚରଣ କରେନାହିଁ। ପ୍ରୋଷ୍ଟେଟ ସର୍ଜରୀ, ମେରୁଦଣ୍ଡରେ ଆଘାତ କିମ୍ବା ମୂତ୍ର ନିୟନ୍ତ୍ରଣକୁ ପ୍ରଭାବିତ କରୁଥିବା ଅନ୍ୟାନ୍ୟ ବିଭିନ୍ନ କାରଣରୁ ଅଧିକାଂଶ ବ୍ୟକ୍ତି ପରିସ୍ରା ଉପରେ ନିୟନ୍ତ୍ରଣ ହରାଇଥାନ୍ତି। ଯାହାକି ସେମାନଙ୍କ ଦୈନନ୍ଦିନ ଜୀବନ ପ୍ରକ୍ରିୟାକୁ ବେଶ ପ୍ରଭାବିତ କରିଥାଏ। କୃତ୍ରିମ ୟୁରିନାରୀ ସ୍ପିଙ୍କ୍ଟର ହେଉଛି ଏପରି ଏକ ଅତ୍ୟାଧୁନିକ ଉପକରଣ



ଯାହାକି ମୂତ୍ରବାହିନୀରେ ନିୟନ୍ତ୍ରକ ଭାବେ କାର୍ଯ୍ୟ କରିଥାଏ। ଯାହାକି ଅନିୟନ୍ତ୍ରିତ ପରିସ୍ରାରୁ ମୁକ୍ତି ଦେବା ସହିତ ସାଧାରଣ ଜୀବନଯାପନ ପ୍ରକ୍ରିୟାକୁ ସ୍ୱାଭାବିକ କରିଥାଏ। ଅସ୍ୱାଭାବିକ ମୂତ୍ର ଅସନ୍ତୋଷ ଅନୁଭବ କରୁଥିବା ରୋଗୀଙ୍କ ପାଇଁ ଏହି ସେବା ବିଶେଷ ଭାବରେ ପ୍ରସ୍ତୁତ ହୋଇଛି ଯାହାକି ଅତ୍ୟନ୍ତ ପ୍ରଭାବଶାଳୀ ଓ ଫଳପ୍ରଦ।ଏମ୍ସ ଭୁବନେଶ୍ୱର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡ . ଆଶୁତୋଷ ବିଶ୍ୱାସ ଏହି ଅତ୍ୟାଧୁନିକ ଆର୍ଟିଫିସିଆଲ୍ ୟୁରିନାରୀ ସ୍ପିନ୍ଟର ପ୍ରତିରୋପଣ ସେବା ଆରମ୍ଭରେ ଖୁସି ବ୍ୟକ୍ତ କରିବା ସହିତ ବିଶେଷଜ୍ଞ ଡାକ୍ତରୀ ଦଳ ଏବଂ ୟୁରୋଲୋଜୀ ବିଭାଗକୁ ଅଭିନନ୍ଦନ ଜ୍ଞାପନ କରିଛନ୍ତି। ରାଜ୍ୟ ତଥା ପୂର୍ବ ଭାରତର ଲୋକମାନେ ଏହି ସେବା ପାଇପାରିବେ, ଯେଉଁଥିପାଇଁ ସେମାନଙ୍କୁ ପୂର୍ବରୁ ଅନ୍ୟ ରାଜ୍ୟକୁ ଯିବାକୁ ପଡୁଥିଲାବୋଲି ଡ. ବିଶ୍ୱାସ ପ୍ରକାଶ କରିଛନ୍ତି।ଏମ୍ସ ଭୁବନେଶ୍ୱରରେ ଏହି ପ୍ରତିରୋପଣ କାର୍ଯ୍ୟକ୍ରମ ଦକ୍ଷ, ଅତ୍ୟାଧୁନିକ ଜ୍ଞାନକୌଶଳରେ ଧୂରିଣ ୟୁରୋଲୋଜିଷ୍ଟ ଏବଂ କୁଶଳୀ ସର୍ଜନଙ୍କ ଏକ ଦଳ ଦ୍ୱାରା ପରିଚାଳିତ ହେବ। ଏମ୍ସ ଭୁବନେଶ୍ୱରରେ ଆଣ୍ଡ୍ରୋଲୋଜି ଚିକିତ୍ସା ଯୋଗାଉଥିବା ୟୁରୋଲୋଜି ବିଭାଗର ସହକାରୀ ପ୍ରଫେସର ଡ. ସମ୍ବିତ ତ୍ରିପାଠୀଙ୍କ ମତରେ ଏହି ପ୍ରତିରୋପଣ ସେବା ଆରମ୍ଭ କରିବା ବ୍ୟାପକ ତଥା ଉନ୍ନତ ଚିକିତ୍ସା ଚିକିତ୍ସା ପ୍ରଦାନ ପାଇଁ ଆମର ପ୍ରତିବଦ୍ଧତାର ଏକ ପ୍ରମୁଖ ପରିଚୟ ଅଟେ। ୟୁରୋଲୋଜି ବିଭାଗ ମୁଖ୍ୟ ଡ. ପ୍ରଶାନ୍ତ ନାୟକ କହିଛନ୍ତି ଯେ ଆମେ ଆମର ରୋଗୀଙ୍କୁ ସର୍ବୋତ୍ତମ ସମ୍ଭାବ୍ୟ ଫଳାଫଳ ପ୍ରଦାନ କରିବା ଏବଂ ସେମାନଙ୍କ ନିତିଦିନିଆ ଜୀବନଶୈଳୀରେ ବ୍ୟାପକ ପରିବର୍ତ୍ତନ ଆଣିବା ପାଇଁ ଉତ୍ସର୍ଗୀକୃତ। ଏହି ସେବା ଆରମ୍ଭ କରିବାରେ ଏମ୍ସ ଭୁବନେଶ୍ୱର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡ. ଆଶୁତୋଷ ବିଶ୍ୱାସଙ୍କ ପ୍ରେରଣା ନିମନ୍ତେ ଆମେ କୃତଜ୍ଞ।ଏମ୍ସ ମେଡିକାଲ୍ ଅଧୀକ୍ଷକ ଡ. ଦିଲ୍ଲୀପ କୁମାର ପରିଡ଼ା ଏହି ଅବସରରେ ୟୁରୋଲୋଜି ବିଭାଗର ଡାକ୍ତରମାନଙ୍କୁ ଅଭିନନ୍ଦନ ଜଣାଇଥିଲେ।ଏହି ନୂତନ ସେବା ମଧ୍ୟରେ କରାଯାଇଥିବା ସମସ୍ତ ପ୍ରକ୍ରିୟା ପାଇଁ ସର୍ବୋଚ୍ଚ ନିରାପତ୍ତା ଏବଂ କାର୍ଯ୍ୟକାରିତାକୁ ସୁନିଶ୍ଚିତ କରିବା ପାଇଁ ଏମ୍ସ ଭୁବନେଶ୍ୱରରେ ଅତ୍ୟାଧୁନିକ ଚିକିତ୍ସା ପ୍ରଯୁକ୍ତିବିଦ୍ୟା ଉପଲବ୍ଧ ରହିଛି। ରୋଗୀମାନଙ୍କୁ ପ୍ରତିରୋପଣ ପରବର୍ତ୍ତୀ ପୁନରୁଦ୍ଧାର ପ୍ରକ୍ରିୟାରେ ସହାୟତା କରିବା ପାଇଁ ଡାକ୍ତରଖାନା ପକ୍ଷରୁ ନିୟମିତ ଯାଞ୍ଚ ଏବଂ ସହାୟତା ପ୍ରଦାନ ନିମନ୍ତେ ସୁବନ୍ଦୋବସ୍ତ କରାଯାଇଛି।ଏମ୍ସ ଭୁବନେଶ୍ୱରରେ ଆର୍ଟିଫିସିଆଲ୍ ୟୁରିନାରୀ ସ୍ପିନ୍ଟର ପ୍ରତିରୋପଣ ସେବା ବିଷୟରେ ଅଧିକ ସୂଚନା କିମ୍ବା ଏନେଇ ପରାମର୍ଶ କରିବାକୁ ଚାହୁଁଥିବା ରୋଗୀମାନେ ଏମ୍ସ ଭୁବନେଶ୍ୱର ୟୁରୋଲୋଜି ବିଭାଗ ସହିତ ଯୋଗାଯୋଗ କରିପାରିବେ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray